୨୬ ବର୍ଷରେ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK | ପର୍ଯ୍ୟବେକ୍ଷକ

Vol.26 . No.46 Bhubaneswar Saturday March 23 2024 | ୨୬ତମ ବର୍ଷ ସଂଖ୍ୟା–୪୬ ଭୁବନେଶ୍ୱର, ଶନିବାର, ମାର୍ଚ୍ଚ ୨୨, ୨୦୨୪ | (୮ ପୃଷ୍ଠା) | ମୂଲ୍ୟ–୧.୫୦ | ₹ 1.50 | (Air Surcharge - 0.50P) | Member-INS

## ବିଜେଡି ବି ସ୍ପଷ୍ଟ କଲା ହେବନି ମେଂଟ, ସବୁ ଆସନରେ ଏକା ଲଢ଼ିବ



ଭୁବନେଶ୍ୱର, ୨୨।୩(ପି.ଏନ): ରାଜ୍ୟରେ ବିଜେଡି ଓ ବିଜେପି ମଧ୍ୟରେ ନିର୍ବାଚନୀ ମେଂଟକୁ ନେଇ ଗତ ୧୬ଦିନ ଧରି ଜାରି ରହିଥିବା ଚର୍ଚ୍ଚାରେ ଆଜି ଉଭୟ ବିଜେପି ଓ ବିଜେଡି ପୂର୍ଣ୍ଣଚ୍ଛେଦ ପକାଇଛନ୍ତି। ବିଜେପି ରାଜ୍ୟରେ ଏକାକୀ ସବୁ ଲୋକସଭା ଓ ବିଧାନସଭାରେ ଲ଼ିବ ବୋଲି ଘୋଷଣା କରିବାର ୪ଘଣ୍ଟା ପରେ ବିଜେଡି ମଧ୍ୟ ଅନୁରୂପ ଘୋଷଣା କରିଛି। ବିଜେଡି ସଂଗଠନ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ଆଜି ନିଜର ଏକ୍ସ ହ୍ୟାଣ୍ଡଲରେ ଟ୍ୱିଟ୍ କରି ଏହି ସୂଚନା ଦେଇଛନ୍ତି। ରାଜ୍ୟ ବିଜେଡି ସଂଗଠନ ସମ୍ପାଦକ ପ୍ରଣବ ପ୍ରକାଶ ଦାସ ନିଜ ଏକ୍ସ ହ୍ୟାଣ୍ଡଲରେ ଲେଖିଛନ୍ତି ଯେ, ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ଆଶୀର୍ବାଦ ଓ ରାଜ୍ୟବାସୀଙ୍କ ଆସ୍ଥାରେ ବିଜେଡି ରାଜ୍ୟର ସେବା କରି ଆସୁଛି ଓ ଏବେ ସବୁ କ୍ଷେତ୍ରରେ ରୂପାନ୍ତରୀକରଣ ହୋଇଛି ଯାହା କେବେ ଆଗରୁ ହୋଇନଥିଲା। ଓଡିଶାବାର ଲୋକମାନଙ୍କ ସହାୟତାରେ ବିଜେଡି ସମସ୍ତ ୧୪୭ଟି ବିଧାନସଭା ଆସନ ଓ ୨୧ ଲୋକସଭା ଆସନରେ ଲ଼ିବ। ନବୀନ ପଟ୍ଟନାୟକଙ୍କ ନେତୃତ୍ୱରେ ତୃତୀୟ ଚତୁର୍ଥାଂଶରୁ ଅଧିକ ଆସନରେ ବିଜୟୀ ହେବୁ।

## ମହାପ୍ରଭୁଙ୍କ ଦର୍ଶନ କଲେ ଉପରାଷ୍ଟ୍ରପତିଙ୍କ ପତ୍ନୀ

ପୁରୀ, ୨୨।୩(ପି.ଏନ): ପୁରୀ ଗସ୍ତରେ ଉପରାଷ୍ଟ୍ରପତିଙ୍କ ପତ୍ନୀ ସୁଦେଶ ଧନକର । ଆଜି ପୁରୀ ଆସି ଶ୍ରୀମନ୍ଦିର ଯାଇ ଶ୍ରୀଜୀଉଙ୍କୁ ଦର୍ଶନ କରିଛନ୍ତି । ଦୀର୍ଘ ଏକ ଘଣ୍ଟାରୁ ଅଧିକ ସମୟ ମନ୍ଦିରରେ ରହି ଶ୍ରୀବିଗ୍ରହଙ୍କୁ ଦର୍ଶନ ଓ ପୂଜା କରିଥିଲେ । ପରେ ବେଢା ପରିକ୍ରମା କରିବା ସହ ବିମଳା ଓ ମହଲକ୍ଷ୍ମୀଙ୍କୁ ମଧ ଦର୍ଶନ କରିଥିଲେ । ପ୍ରଶାସନ ପକ୍ଷରୁ ଉପରାଷ୍ଟ୍ରପତିଙ୍କ ପତ୍ନୀଙ୍କ ଦର୍ଶନ ପାଇଁ ସ୍ୱତନ୍ତ୍ର ବ୍ୟବସ୍ଥା ଗ୍ରହଣ କରାଯାଇଥିଲା । ମହାପ୍ରଭୁଙ୍କୁ ଦର୍ଶନ କରି ସେ ଆନନ୍ଦିତ ଥିବା କହିଛନ୍ତି ।

## ମେଣ୍ଟ ପାଇଁ ନିବେଦନ କରିଥିଲା ବିଜେଡି, ପ୍ରତ୍ୟାଖ୍ୟାନ କଲା ବିଜେପି



ଭୁବନେଶ୍ୱର, ୨୨।୩(ପିଏନ)'ରାଜ୍ୟରେ ବିଜେପି ସହିତ ମେଣ୍ଟ କରିବାକୁ ବିଜେଡି କରିଥିଲା ନିବେଦନ। କିନ୍ତୁ ବିଜେପି ବିଜେଡିର ନିବେଦନକୁ ପ୍ରତ୍ୟାଖ୍ୟାନ କରିଛି।' ରାଜ୍ୟରେ ବେଶ୍ କିଛି ଦିନ ଧରି ବିଜେଡି-ବିଜେପି ମେଣ୍ଟ ଚର୍ଚ୍ଚା ଉପରେ ଆଜି ପୂର୍ଣ୍ଣଚ୍ଛେଦ ପଡିଥିବା ବେଳେ ଏଭଳି କିଛି ମନ୍ତବ୍ୟ ଦେଇଛନ୍ତି ଭୁବନେଶ୍ୱର ସାଂସଦ ଅପରାଜିତା ଷଡଙ୍ଗୀ।ସେ କହିଛନ୍ତି, ରାଜ୍ୟ ସଭାପତି ଟ୍ୱିଟ୍ କରିବା ପରେ ସବୁ ସ୍ପଷ୍ଟ ହୋଇଯାଇଛି। ବିଜେପି ରାଜ୍ୟରେ ଏକାକୀ ଲ଼ିବ। ୨୧ଟି ଲୋକସଭା ଓ ୧୪୭ଟି ବିଧାନସଭା ଆସନରେ ଦଳ ପ୍ରାର୍ଥୀ ଦେବ। ଦଳର ସମସ୍ତ କାର୍ଯ୍ୟକର୍ତ୍ତାଙ୍କ ସହିତ ଓଡିଶାବାସୀ ଏହା ହିଁ ଚାହୁଁଥିଲେ। ମେଣ୍ଟ ପାଇଁ ବିଜୁ ଜନତା ଦଳ ପକ୍ଷରୁ ଯେଉଁ ନିବେଦନ କରାଯାଇଥିଲା, ମୁଁ ଭାବୁଛି ଆମେ ତାକୁ ରିଜେକ୍ଟ କରିଛୁ।

## ଟ୍ରେନର ଲଗେଜ ବଗିରେ ଲାଗିଲା ନିଆଁ

ଅନୁଗୁଳ, ୨୨।୩(ପି.ଏନ): ଅନୁଗୁଳ ବାମୁର ନିକଟରେ ଟ୍ରେନରେ ନିଆଁ ଲାଗିଥିବା ସୂଚନା । ରାଉରକେଲା ଭୁବନେଶ୍ୱର ଇଣ୍ଟରସିଟି ଟ୍ରେନରେ ନିଆଁ ଲାଗିଥିଲା । ଲଗେଜ ବଗିରେ ନିଆଁ ଲାଗିଥିବା ସୂଚନା । ନିଆଁ ଲାଗିବାରୁ କୁଳଡଙ୍ଗିଆଣିରେ ଅଟକିଥିଲା ଟ୍ରେନ। ବ୍ରେକ ଏୟାର ଯୋଗୁଁ ଟ୍ରେନର ଲଗେଜ ବଗିରେ ନିଆଁ ଲାଗିଥିବା ଜଣାପଡିଛି । ତେବେ ନିଆଁକୁ ଆୟତ୍ତ ପରେ ଗଡିଲା ଇଣ୍ଟରସିଟି ଟ୍ରେନ ।

## ଧର୍ମଶାଳା ବ୍ଲକରେ ୩୯ଟି ସ୍ୱତନ୍ତ୍ର ବୁଥ ହେବ

ଧର୍ମଶାଳା, ୨୨।୩(ପିଏନ୍): ଆଗାମୀ ସାଧାରଣ ନିର୍ବାଚନ ପାଇଁ ବିଗୁଲ ବାଜି ସାରିଛି । ଏନେଇ ନିର୍ବାଚନ କମିଶନ ତାରିଖ ଘୋଷଣା କରିଛନ୍ତି । ସାତ ଗୋଟି ପର୍ଯ୍ୟାୟରେ ହେବାକୁ ଥିବା ଏହି ନିର୍ବାଚନରେ ଯାଜପୁର ଜିଲ୍ଲାରେ ଶେଷ ପର୍ଯ୍ୟାୟ ଜୁନ ୧ ତାରିଖରେ ମତଦାନ ହେବାକୁ ସ୍ଥିର କରାଯାଇଛି । ଏହି କ୍ରମରେ ଧର୍ମଶାଳା ବ୍ଲକରେ ହେବାକୁଥିବା ନିର୍ବାଚନ ପାଇଁ ୨୬୪ ବୁଥରେ ୨ ଲକ୍ଷ ୨୯ ହଜାର ୮୪୯ ଭୋଟର ମତଦାନ କରିବେ । ଏଥି ମଧ୍ୟରୁ ୩୯ ଗୋଟି ସ୍ୱତନ୍ତ୍ର ବୁଥ ଗଠନ କରାଯାଇଛି । ୨୩ ଗୋଟି ମହିଳାବୁଥ, ୧୦ ଗୋଟି ମଡେ. ୩ ଗୋଟି ପିଙ୍କ, ୨ ଗୋଟି ଯୁବ ଓ ଗୋଟିଏ ଦିବ୍ୟାଙ୍ଗ ବୁଥ ଗଠନ କରାଯାଇଛି । ଧର୍ମଶାଳା ବ୍ଲକର କଣିପାଟିଆ ଉପ୍ରାସ୍କୁଲ ବୁଥକୁ ଦିବ୍ୟାଙ୍ଗ ବୁଥ କରାଯାଇଛି । ଜାରକା ଉପ୍ରାସ୍କୁଲର ୧୭୨, ୧୭୩ ଓ ଧର୍ମଶାଳା ବାଣୀପୀଠ ବୁଥକୁ ପିଙ୍କ ବୁଥ କରାଯାଇଛି । କୋଟପୁରସ୍ଥିତ ଜାଗୁଲାଇ ସ୍କୁଲରେ ହେବାକୁ ଥିବା ୨ ଗୋଟି ବୁଥକୁ ଯୁବ ବୁଥ କରାଯାଇଛି । ଜେନାପୁର ହାଇସ୍କୁଲର ୩୭,୩୮,୩୯ ନଂ ବୁଥ ଓ ଅଚ୍ୟୁତପୁରସ୍ଥିତ ଦାମୋଦର ବିଦ୍ୟାପୀଠରେ ୧୯୭,୧୯୮ ଓ କାଏମା ହାଇସ୍କୁଲର ୧୯୨,୧୯୩ ଓ ନୀଳସୁନ୍ଦର ହାଇସ୍କୁଲରେ ୨୭, ୨୮, ୨୪ ନମ୍ବର ବୁଥ ଗୁଡିକୁ ଚଳିତ ଥର ମଡେଲ ବୁଥ କରାଯାଇଛି । ବୁଥ ନଂ ୮୯, ୧୦୦,୧୦୧,୧୦୨, ୧୦୪, ୧୦୫, ୧୭୦, ୧୭୧,୧୭୪.୧୭୫.୧୭୬.୧୭୮,୧୭୯.୧୮୦,୧୯୦,୧୯୧,୧୯୬,୧୯୭, ୨୦୦,୨୦୨,୨୦୩,୨୦୪,୨୨୩ ବୁଥକୁ ମହିଳା ବୁଥ କରାଯାଇଛି । ନିର୍ବାଚନ ପାଇଁ ମେ ୭ ତାରିଖରେ ବିଜ୍ଞପ୍ତି ପ୍ରକାଶ ପାଇବ । ମେ ୧୪ ତାରିଖରେ ପ୍ରାର୍ଥୀ ପତ୍ର ଦାଖଲର ଶେଷ ତାରିଖ ଥିବା ବେଳେ ୧୫ ତାରିଖରେ ଯାଂଚ ପ୍ରକ୍ରିୟା ସ୍ଥିର କରାଯାଇଛି । ୧୭ ତାରିଖରେ ପ୍ରାର୍ଥୀ ପତ୍ର ପ୍ରତ୍ୟାହର ଶେଷ ଦିନ ସ୍ଥିର କରାଯାଇଛି । ଜୁନ ୧ ତରିଖରେ ଭୋଟ ଗ୍ରହଣ କରାଯିବ ବୋଲି ବିଜ୍ଞପ୍ତି ପ୍ରକାଶ ପାଇଛି ।

## କେନ୍ଦ୍ରାପଡା କଲେଜରେ ଉଚ୍ଚଶିକ୍ଷା ବିଭାଗର ତଦନ୍ତକାରୀ ଟିମ୍



କେନ୍ଦ୍ରାପଡ଼ା, ୨୨।୩: କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟରେ ଉଚ୍ଚଶିକ୍ଷା ବିଭାଗର ତଦନ୍ତକାରୀ ଟିମ ଆଜି ପହଞ୍ଚିଛି। ଉଚ୍ଚଶିକ୍ଷା ବିଭାଗ ଆଞ୍ଚଳିକ ଶିକ୍ଷା ନିର୍ଦ୍ଦେଶାଳୟର ଏକ ଦୁଇଜଣିଆ ଟିମ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟରେ ପହଞ୍ଚି ପୂର୍ବତନ କଲେଜ ଅଧକ୍ଷ ଗୋପାଳ ଚନ୍ଦ୍ର ବେହେରାଙ୍କ କାର୍ଯ୍ୟକାଳ ସମୟରେ ହୋଇଥିବା ବିଭିନ୍ନ ଦୁର୍ନୀତି ଅଭିଯୋଗର ତଦନ୍ତ ଆରମ୍ଭ କରିଛନ୍ତି। ଆଞ୍ଚଳିକ ଶିକ୍ଷା ନିର୍ଦ୍ଦେଶାଳୟର ଡେପୁଟୀ ଡାଇରେକ୍ଟର ରଞ୍ଜିତ କୁମାର ପ୍ରଧାନଙ୍କ ନେତୃତ୍ୱରେ ଆସିଥିବା ଏହି ଦୁଇଜଣିଆ ଟିମରେ ସହକାରୀ ନିର୍ଦ୍ଦେଶକ ବିଜୟ କୁମାର ସାହୁ ଅଛନ୍ତି। ଏହି ଦୁଇଜଣିଆ ଟିମ ଆଜି ପୂର୍ବାହ୍ନରେ ମହାବିଦ୍ୟାଳୟରେ ପହଞ୍ଚି କଲେଜର ଭାରପ୍ରାପ୍ତ ଅଧକ୍ଷ ଅଭିଜିତ ବୋଷଙ୍କୁ ଭେଟିଥିଲେ। ପରେ କଲେଜ ମିନି କନଫରେନ୍ସ ହଲ ପରିସରରେ ଏହି ତଦନ୍ତକାରୀ ଟିମର ଉଭୟ ସଦସ୍ୟ ପୂର୍ବତନ କଲେଜ ଅଧକ୍ଷ ଶ୍ରୀ ବେହେରାଙ୍କ ସମୟରେ କରାଯାଇଥିବା ବିଭିନ୍ନ ଉନ୍ନୟନମୂଳକ କାର୍ଯ୍ୟର ଫାଇଲ ସମେତ ପ୍ରତ୍ୟେକଟି ଖର୍ଚ୍ଚର କାଗଜପତ୍ର ଟିକିନିଖି କରି ଯାଞ୍ଚ କରୁଥିବା ସୂଚନା ମିଳିଛି। ଏଥିସହିତ ପ୍ରାକ୍ତନ କଲେଜ ଅଧକ୍ଷ ଡ. ରାଜେନ୍ଦ୍ର ପ୍ରସାଦ ତ୍ରିପାଠୀଙ୍କ ଅବସର ପରେ ତାଙ୍କ ପେନସନ ଜନିତ କାଗଜପତ୍ରକୁ ମଧ ତଦନ୍ତ କରାଯାଉଥିବା ଟିମ ଲିଡର ଡେପୁଟୀ ଡାଇରେକ୍ଟର ଶ୍ରୀ ପ୍ରଧାନ ସୂଚନା ଦେଇଛନ୍ତି। ପୂର୍ବତନ କଲେଜ ଅଧକ୍ଷ ଶ୍ରୀ ବେହେରାଙ୍କ କାର୍ଯ୍ୟକାଳରେ କିଭଳି ଭାବେ କଲେଜ ପାଣ୍ଠି ଓ ସରକାରୀ ଅନୁଦାନରୁ କୋଟି କୋଟି ଟଙ୍କା ଉଠାଯାଇ ବିଭିନ୍ନ ଉନ୍ନୟନ କାର୍ଯ୍ୟ କରାଯିବାର ଆଳରେ ହରିଲୁଟ କରାଯାଇଛି ଏବଂ ବେଆଇନ ନିଯୁକ୍ତି କରାଯାଇଛି ସେସବୁର ପ୍ରମାଣ ଏହି ତଦନ୍ତ ପରେ ଲୋକଲୋଚନକୁ ଆସି ପାରିବ।

## କୁକୁଡାଖଣ୍ଡି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ ଏଚ୍.ଆଇ.ଭି.

କୁକୁଡ଼ାଖଣ୍ଡି (ଇପିଲି ପୂର୍ଣ୍ଣଚନ୍ଦ୍ର), ୨୨।୩(ପି.ଏନ): ଗୁରୁବାର ଦିନ ସ୍ଥାନୀୟ କୁକୁଡ଼ାଖଣ୍ଡି ଉଚ୍ଚ୍ ମାଧ୍ୟମିକ ବିଦ୍ୟାଳୟ ପରିସରରେ ଅଧକ୍ଷ ଶ୍ରୀଯୁକ୍ତ ମନୋରଞ୍ଜନ ପଟ୍ଟନାୟକ ଙ୍କ ସଭାପତିତ୍ୱ ରେ ଏଚ୍.ଆଇ.ଭି./ଏଡ୍ସ ସଚେତନତା ସଭା କାର୍ଯକ୍ରମ ଅନୁଷ୍ଠିତ ହୋଇଯାଇଅଛି। ଏହି କାର୍ଯ୍ୟକ୍ରମ ରେ ସାଧନ ବ୍ୟକ୍ତି ରୂପେ ଗଞ୍ଜାମ ଅରୁଣ ସଙ୍ଗଠନ ର କାର୍ଯ୍ୟକ୍ରମ ପରିଚ୍ାଳକ ସୁନୀଲ ପ୍ରଧାନ, ମିନାକ୍ଷୀ ବେହେରା, ରେଡ୍ ରିବନ କ୍ଲବ ର ଉପଦେଷ୍ଟା ବିଭୁ ପ୍ରସାଦ ପାତ୍ର, ସମ୍ମାନୀତ ଅତିଥି ରୁପେ କଲେଜ ଅଧାପକ ଶ୍ରୀକାନ୍ତ କୁମାର ପଟ୍ଟନାୟକ କାର୍ଯ୍ୟକ୍ରମ ରେ ମଞ୍ଚାସୀନ ରହିଥିଲେ। ସର୍ବପ୍ରଥମେ ୧୦୯୭ ଟୋଲ ଫ୍ରି ଅଧକ୍ଷ ଶ୍ରୀ ପଟ୍ଟନାୟକ ଉଦ୍ଘାଟନ କରିବା ପରେ ମଞ୍ଚାସୀନ ଅତିଥି ମାନେ ଏଡ୍ସ ପ୍ରତିହତ ଗେରେ ଶିକ୍ଷା ମାଧ୍ୟମରେ ସଚେତନତା ସୃଷ୍ଟି କରିବା ସଂପର୍କରେ ବକ୍ତବ୍ୟ ରଖିଥିଲେ। କୁଇଜ୍, ଚ଼ିତ୍ରାଙ୍କନ ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିବା ପ୍ରତିଯୋଗୀ ମାନଙ୍କୁ ସମ୍ମାନୀତ ଅତିଥି ମାନଙ୍କ ଦ୍ୱାରା ପୁରସ୍କୃତ କରାଯାଇଥିଲା। ସ୍ନାତକତ୍ତୋର ଶିକ୍ଷକ ଇପ୍ରସିତା ବେହେରା ସଭା ପରିଚ୍ାଳନା କରିଥିବା ବେଳେ ଅଧାପିକା ଶିବାନୀ ମିଶ୍ର ଧନ୍ୟବାଦ୍ ଅର୍ପଣ କରିଥିଲେ। ଏହି କାର୍ଯ୍ୟକ୍ରମ ରେ ସମସ୍ତ ଶିକ୍ଷକ, ଶିକ୍ଷୟିତ୍ରୀ , ଅଣ ଶିକ୍ଷକ କର୍ମଚ଼ାରୀ ଏବଂ ଯୁବ ରେଡକ୍ରସ୍ ସ୍ୱ?ଚ୍ଛାସେବୀ ମାନଙ୍କ ସହଯୋଗ ରେ ସଫଳ ହୋଇପାରି ଅଛି।

## ଦାମ ରାଉତଙ୍କ ପରଲୋକ: ଦୁଃଖ ପ୍ରକାଶ କଲେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ



ଭୁବନେଶ୍ୱର, ୨୨।୩(ପି.ଏନ): ଦାମୋଦର ରାଉତଙ୍କ ଦେହାନ୍ତରେ ଶୋକ ପ୍ରକାଶ କରିଛନ୍ତି ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ । ଦୁଃଖ ପ୍ରକାଶ କରି ସେ କହିଛନ୍ତି ଯେ, ଓଡିଶା ଏବଂ ଦେଶର ଉନ୍ନତି ପାଇଁ ଦାମୋଦର ରାଉତଙ୍କ ଅବଦାନ ସ୍ମରଣୀୟ । ପରିବାର ବର୍ଗଙ୍କ ସହ ଅନୁଗାମୀଙ୍କୁ ଗଭୀର ସମବେଦନା ଜଣାଇଲେ ରାଷ୍ଟ୍ରପତି ଦ୍ରୌପଦୀ ମୁର୍ମୁ ।

## ଧର୍ମଶାଳା ମୁନସୀ ମିଳନ ପ୍ରସ୍ତୁତି ବୈଠକ

ଧର୍ମଶାଳା, ୨୨।୩(ପିଏନ୍): ଧର୍ମଶାଳାର ପ୍ରସିଦ୍ଧ ୧୪୮ ତମ ମୁନସୀ ମିଳନ ପାଇଁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ମିନସୀ ମିଳନ କମିଟିର ସଭାପତି ତଥା ଥାନା ଅଧରକାରୀ ତପନ କୁମାର ନାୟକଙ୍କ ଅଧ୍ୟକ୍ଷତାରେ ଥାନା ପରିସରରେ ଅନୁଷ୍ଠିତ ଏହି ପ୍ରସ୍ତୁତୀ ବୈଠକରେ, ମାର୍ଚ୍ଚ ୨୮ ତାରିଖରେ ମୁନସୀ ମିଳନ ଓ ଫଗୁ ଖେଳ ଅନୁଷ୍ଠିତ ହେବାକୁ ସ୍ଥିର କରାଯାଇଛି । ମୁନସୀ ମିଳନ କମିଟିର ସମ୍ପାଦକ ଜଳଧର ମହାନ୍ତି ଆୟ ବ୍ୟୟର ହିସାବ ଦେବା ସହ ଚଳିତ ବର୍ଷର ମିଳନ ଉତ୍ସବକୁ ସରଶ ସୁନ୍ଦର କରିବାକୁ ପ୍ରସ୍ତାବ ଦେଇଥିଲେ । ସହ ସମ୍ପାଦକ ପ୍ରମୋଦ କୁମାର ଦାସ, କୋଷାଧ୍ୟକ୍ଷ ଅଜୟ ନାୟକ,ବରିଷ୍ଠ ସଭ୍ୟ ବସନ୍ତ କୁମାର ପରିଡା, ବିପିନ ବିହାରୀ ନାୟକ, ଗଙ୍ଗାଧର ମହାରଣା, ମନୋଜ ରାଉତ, ଧନେଶ୍ୱର ସାହୁ, ନବକିଶୋର ନାୟକ, ନିରନ ମୁଦୁଲି, ଲକ୍ଷ୍ମୀଧର ରାଉତ, ଗୋଲକ ସାମଲ, ସନ୍ତୋଷ କୁମାର ଜେନା ପ୍ରମୁଖ ସମସ୍ତ ସଭ୍ୟ ଯୋଗଦେଇ ଅଲୋଚନାରେ ଅଂଶଗ୍ରହଣ କରିଥିଲେ ଚଳିତ ଥର ମିଳନରେ ୩୩ ଗୋଟି ବଡ ଓ ୫୦ ଗୋଟି ବିମାନକୁ ନିମନ୍ତ୍ରଣ କରିବାକୁ ପ୍ରସ୍ତାବ ଦିଆଯାଇଥିଲା । ବିମାନ ରୋସଣୀ ସମୟରେ ଅସ୍ଲିଳ ସଙ୍ଗିତ ଓ ନୃତ୍ୟ ପରିବେଷଣ ନକରିବାକୁ ଠାକୁର ବାଡିଆଙ୍କୁ କମିଟି ପକ୍ଷରୁ ନିବେଦନ କରାଯାଇଛି । ମିଳନରେ ହଜାର ହଜାର ଶ୍ରଦ୍ଧାଳୁଙ୍କ ଭିଡକୁ ନଜରରେ ରଖି ପାନୀୟ ଜଳ, ବିଦ୍ୟୁତ, ରାସ୍ତାଘାଟର ସଫେଇ ଉପରେ ଗୁରୁତ୍ୱ ଦିଆଯାଇଥିଲା । ଏହି ମିଳନରେ ଚୋରମୁହାଁ ଗ୍ରାମର ବି ମନ ଥାନପତି ଭାବେ ଯୋଗଦେବେ । ଏହି ମିଳନ ପର୍ବ ଗୁରୁବାର ସନ୍ଧ୍ୟା ୭ ଘଟିକାରୁ ଆରମ୍ଭ ହୋଇ ଶୁକ୍ରବାର ଦିବା ୨ ଘଟିକାରେ ଉଦଯାପିତ ହେବ ଏଥିରେ ସମସ୍ତେ ସହଯୋଗ କରିବାକୁ ଥାନା ଅଧିକାରୀ ତଥା ମୁନସୀ ମିଳନ କମିଟିର ସଭାପତି ଶ୍ରୀ ନାୟକ ନିବେଦନ କରିଛନ୍ତି ।

## ପୁରୁଣାକଟକ ଥାନା ପରିସରରୁ କୁଟୁରା ଉଦ୍ଧାର



ଭୁବନେଶ୍ୱର, ୨୨।୩(ପି.ଏନ): ବୌଦ୍ଧ ଜିଲ୍ଲା ହରଭଙ୍ଗା ବ୍ଲକ ଚ଼ାରିଛକସ୍ଥିତ ପୁରୁଣାକଟକ ଥାନା ପରିସରରୁ ଶୁକ୍ରବାର ରାତିରେ ପୁରୁଣାକଟକ ବନାଞ୍ଚଳ କର୍ମଚ଼ାରୀ ଏକ କୁଟୁରାକୁ ଉଦ୍ଧାର କରିଛନ୍ତି। ରାତି ପ୍ରାୟ ସାଢ଼େ ୮ଟା ସମୟରେ ନିକଟସ୍ଥ ପାରାପିଟ ଜଙ୍ଗଲରୁ କୁଟୁରାଟି ପୁରୁଣାକଟକ ଥାନା ପରିସରକୁ ଆସି ଏକ ଘର ଭିତରେ ପଶିଯାଇଥିଲା।

## ବେଆଇନ ହମ୍ପସ ନେଇଗଲା ଜୀବନ: ଗାଡି ଧକ୍କାରେ ଯୁବକଙ୍କ ମୃତ୍ୟୁ

ଯାଜପୁର, ୨୨।୩(ପି.ଏ): ଯାଜପୁର-ବରୁଆଁ ୨୦ନଂ ଜାତୀୟ ରାଜପଥ ଗୋଖନା ଛକ ପେଟ୍ରୋଲ ପମ୍ପ ନିକଟରେ ଟ୍ରକ ଧକ୍କାରେ ଜଣେ ଯୁବକର ମୃତ୍ୟୁ ଘଟିଛି। ମୃତ ବ୍ୟକ୍ତି ହେଲେ ମାନସ ବେହେରା(୨୮)। ବେଆଇନ୍? ହମ୍ପସ ପାଇଁ ତାଙ୍କର ମୃତ୍ୟୁ ହୋଇଥିବା ଅଭିଯୋଗ ହୋଇଛି।

## କେଲୁଅ ନଦୀ ପଠାରୁ ଯୁବକଙ୍କ ଝୁଲନ୍ତା ମୃତଦେହ ଉଦ୍ଧାର

ଧର୍ମଶାଳା, ୨୨।୩(ପିଏନ): ଧର୍ମଶାଳା ଥାନା କୋଟପୁର ଫାଣ୍ଡି କୋଟପୁର ଗ୍ରାମ ନିକଟସ୍ଥ କେଲୁଅ ନଦୀ ପଠାରୁ ପୁଲିସ ଜଣେ ଯୁବକର ଝୁଲନ୍ତା ମୃତଦେହକୁ ଉଦ୍ଧାର କରିଛି । ସୂଚନା ମୁତାବକ କୁଆଖିଆ ଥାନା ଅନ୍ତର୍ଗତ ହରିପୁର ଗ୍ରାମର ସୁଶାନ୍ତ ପଣ୍ଡା (୪୩) ଗତକାଲି ନିଜ ଶ୍ୱଶୁର ଘର କୋଟପୁର ଗ୍ରାମର ଚୈତନ୍ୟ ଦାସଙ୍କ ଘରକୁ ଆସିଥିଲେ । ତେବେ ରାତିରେ ଘରକୁ ଯାଉଚନ୍ତି ବୋଲି କହି ସେ ଶ୍ୱଶୁର ଘରୁ ଚାଲିଆସି କେଲୁଅ ନଦୀ ପଠାରେ ବେକରେ ରଶି ଲଗାଇ ଏକ ଗଛରେ ଝୁଲିପଡି ଆତ୍ମହତ୍ୟା କରିଛନ୍ତି । ସକାଳୁ ସ୍ଥାନୀୟ ଲୋକେ ଦେଖି ତାଙ୍କ ଶ୍ୱଶୁର ଘରକୁ ଜଣାଇବା ପରେ ଶ୍ୱଶୁର ଘର ଲୋକେ ସେଠାରେ ପହଁଚି ମୃତଦେହକୁ ଚିହ୍ନଟ କରିବା ସହ ପୁଲିସକୁ ଖବର ଦେଇଥିଲେ ।

## ଦୁର୍ଘଟଣାରେ ସରପଂଚଙ୍କ ଅକାଳ ବିୟୋଗ

ଧର୍ମଶାଳା, ୨୨।୩(ପିଏନ୍): ଧର୍ମଶାଳା ବ୍ଲକ୍ ଚୋରମୁହାଁ ପଂଚାୟତର ସରପଂଚ ପ୍ରଦ୍ୟୁମ୍ନ କେଶରୀ ମହାନ୍ତି(୪୧)ଙ୍କ ଏକ ସଡ଼କ ଦୁର୍ଘଟଣାରେ ମୃତୁ ହୋଇଛି । ମିର୍ଜାପୁରର ଏକ କାର୍ଯ୍ୟକ୍ରମରେ ଯୋଗ ଦେବାକୁ ନିଜ ବାଇକ୍‌ରେ ବ୍ରାହ୍ମଣୀ ନଦୀବନ୍ଧ ରାସ୍ତାରେ ଯାଉଥିବା ସମୟରେ ଭୁବନ ଗାଁ ନିକଟ ବୁଲାଣିରେ ବାଇକ୍‌ଟି ଭାରସାମ୍ୟ ହରାଇ ବନ୍ଧ ତଳକୁ ଖସି ଯାଇଥିଲା । ଫଳରେ ସେ ବନ୍ଧ ରାସ୍ତାରେ ପଡ଼ି ଗୁରୁତର ଭାବେ ଆହତ ହୋଇଥିଲେ । ସ୍ଥାନୀୟ ଲୋକେ ତାଙ୍କୁ ଉଦ୍ଧାର କରି ଧର୍ମଶାଳା ଗୋଷ୍ଠି ସ୍ୱାସ୍ଥ୍ୟ କେନ୍ଦ୍ରରେ ଭର୍ତି କରିଥିଲେ । ହେଲେ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ । ଅଭିଯୋଗ ପାଇ ପାଇ ଧର୍ମଶାଳା ପୁଲିସ ସେଠାରେ ପହଁଚି ୨୦୦/୨୪ ରେ ଏକ ମାମଲା ରୁଜୁ କରିବା ସହ ମୃତଦେହ ଜବତ କରି ବ୍ୟବଚ୍ଛେଦ କରାଇଛି । ଏହି ଖବର ଜଣାପଡିବା ପରେ ଧର୍ମଶାଳା ମେଡିକାଲ ପରିସର ଲୋକାରଣ୍ୟ ହୋଇପଡିଥିଲା । ଚୋରମୁହାଁ ପଂଚାୟତ ସମେତ ଅନେକ ଅଂଚଳର ଲୋକେ ମେଡିକାଲରେ ପହଁଚି ତାଙ୍କର ଶେଷ ଦର୍ଶନ କରିଥିଲେ । ଖବର ପାଇ ଧର୍ମଶାଳା ବିଧାୟକ ପ୍ରଣବ କୁମାର ବଳବନ୍ତରାୟ, ବ୍ଲକ ଅଧ୍ୟକ୍ଷ ପ୍ରଭାତ କୁମାର ବଳବନ୍ତରାୟ, ଜିଲ୍ଲାପରିଷଦ ସଭ୍ୟ ଜଳଧର ମହାନ୍ତି, ପୂର୍ବତନ ବ୍ଲକ ଅଧ୍ୟକ୍ଷ କିଶାନ ପଣ୍ଡା, ଯୁବ ସଂଗଠକ ମଦନ ମୋହନ ନାୟକ, ଅକ୍ଷୟ ନାୟକ, ଶରତ ନାୟକ, ଯୁବ ବିଜେଡି ବ୍ଲକ ସଭାପତି କ୍ଷିତିଷ ନାୟକ, ଛାତ୍ର ବିଜେଡି ସଭାପତି ଜଗଦାନନ୍ଦ ରାଉତ ପ୍ରମୁଖ ବହୁ ବିଶିଷ୍ଟ ବ୍ୟକ୍ତି ଧର୍ମଶାଳା ଡାକ୍ତରଖାନାରେ ପହଁଚି ଶେଷ ଦର୍ଶନ କରିଥିଲେ । ସ୍ୱର୍ଗତ ମହାନ୍ତି ଜଣେ ମିଷ୍ଟଭାଷି, ପରୋପକାରୀ ଓ ଦକ୍ଷ ସଙ୍ଗଠକ ଥିଲେ । ସେ ଗତ ତ୍ରିସ୍ତରୀୟ ପଂଚାୟତ ନିର୍ବାଚନରେ ଚୋରମୁହାଁ ପଂଚାୟତରୁ ସରପଂଚ ପଦବି ଲାଗି ପ୍ରତିଦ୍ୱନ୍ଦିତା କରି ପାଖାପାଖି ୧୫୦୦ରୁ ଅଧିକ ଭୋଟ ବ୍ୟବଧାନରେ ବିଜୟୀ ହୋଇ ସରପଂଚ ହୋଇଥିଲେ । ତାଙ୍କର ଅକାଳ ବିୟୋଗରେ ସମଗ୍ର ପଂଚାୟତରେ ଶୋକର ଛାୟା ଖେଳିଯାଇଛି । ବାଙ୍ଗାଲୋରରେ ରହୁଥିବା ସ୍ୱର୍ଗତ ପ୍ରଦ୍ୟୁମ୍ନଙ୍କ ବଡଭାଇ ବିକ୍ରମ କେଶରୀ ମହାନ୍ତି ପହଁଚିବା ପରେ ମୃତଦେହକୁ ଏକ ଶୋଭାଯାତ୍ରାରେ ତାଙ୍କ ଘରକୁ ନିଆଯାଇ ଚୋରମୁହାଁ ଗ୍ରାମ ଓ ଧର୍ମଶାଳା ବଜାର ପରିକ୍ରମା କରାଯାଇ ବ୍ରାହ୍ମଣୀ ନଦୀ କୂଳରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା । ତାଙ୍କର ସମ୍ପର୍କୀୟ ବଡଭାଇ ସଂଗ୍ରାମ କେଶରୀ ମହାନ୍ତି ମୁଖାଗ୍ନି ଦେଇଥିଲେ । ଚୋରମୁହାଁ ଗ୍ରାମର ସଭାପତି ଇଶ୍ୱର ବେହେରା, ସମ୍ପାଦକ ରବିନ୍ଦ୍ର କୁମାର ମହାନ୍ତି, ଉପସଭାପତି ଆନନ୍ଦ ବିହାରୀ ନାୟକ, ଚୋରମୁହାଁ ପଂଚାୟତ ସମିତି ସଭ୍ୟ ପ୍ରିୟବ୍ରତ ପ୍ରଧାନ, ଚହଟା ପଂଚାୟତ ସରପଂଚ ପ୍ରତିନିଧି ବିଚିତ୍ର ସ୍ୱାଇଁ, ଯୁବ ସଙ୍ଗଠକ ମୁନା ଖାଁ, ଦୀପକ ରନ ସାମଲ, ସୂର୍ଯ୍ୟମଣି ବାରିକ ସମେତ ହଜାର ହଜାର ଲୋକ ଯୋଗଦେଇଥିଲେ ।

## କେଜ୍ରିୱାଲଙ୍କୁ ୬ ଦିନିଆ ରିମାଣ୍ଡରେ ନେଲା ଇଡି



ଭୁବନେଶ୍ୱର, ୨୨।୩(ପି.ଏନ): ଅବକାରୀ ନୀତି ଦୁର୍ନୀତି ଘଟଣାରେ ଗିରଫ ଦିଲ୍ଲୀ ମୁଖ୍ୟମନ୍ତ୍ରୀ ଅରବିନ୍ଦ କେଜ୍ରିୱାଲଙ୍କୁ ୬ ଦିନିଆ ରିମାଣ୍ଡରେ ନେଇଛି ଇଡି। ଏହି ସମୟରେ ଅବକାରୀ ନୀତି ସହ ଜଡିତ ବିଭିନ୍ନ ପ୍ରସଙ୍ଗରେ ଇଡି କେଜ୍ରିୱାଲଙ୍କୁ ଜେରା କରିବ। ରାଉଜ ଆଭିନ୍ୟୁ କୋର୍ଟ କେଜିୱାଲଙ୍କୁ ୨୮ ତାରିଖ ଯାଏ ଇଡି ହେପାଜତକୁ ପଠାଇ ଦେଇଛନ୍ତି।ପ୍ରକୃତରେ ଇଡି କେଜ୍ରିୱାଲଙ୍କୁ ୧୦ ଦିନିଆ ରିମାଣ୍ଡରେ ନେବାକୁ ଆବେଦନ କରିଥିଲା। ଏଥିପାଇଁ ଇଡି ପକ୍ଷରୁ ସଲିସିଟର ଜେନେରାଲ ଏସଭି ରାଜୁ ବଳିଷ୍ଠ ଯୁକ୍ତି ରଖିଥିଲେ। ଅବାକାରୀ ନୀତି ଦୁର୍ନୀତି ଘଟଣାର କିଙ୍ଗ ପିନ କେଜ୍ରିୱାଲ ବୋଲି ମଧ ସେ କହିଥିଲେ।

## ଭାରତୀୟ ଜାତୀୟ କଂଗ୍ରେସର ବ୍ୟାଙ୍କ ଆକାଉଣ୍ଟକୁ ଅଚଳ କରିବା ବିରୋଧରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ କୁଶପୁତ୍ତଳିକା ଦାହ

ବ୍ରହ୍ମପୁର/କୁକୁଡାଖଣ୍ଡି, ୨୨।୩(ପି.ଏନ): ଆଜି ଅପରାହ୍ନ ସମୟ ରେ ଗଞ୍ଜାମ ଜିଲ୍ଲା ଯୁବ କଂଗ୍ରେସ ତରଫରୁ ଜିଲ୍ଲା ବ୍ରହ୍ମପୁର କଂଗ୍ରେସ କାର୍ଯ୍ୟାଳୟ ସମ୍ମୁଖରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀ ଙ୍କ କୁଶ ପୁତ୍ତଳିକା ଦାହ କରାଯାଇଥିଲା । କେନ୍ଦ୍ର ର ମୋଦୀ ସରକାର କଂଗ୍ରେସ ଦଳର ନିଜସ୍ୱ ବ୍ୟାଙ୍କ୍ ଆକାଉଣ୍ଟ କୁ ଯେଉଁ ଭଳି ଭାବରେ ଅଚ଼ଳ କରିଛି ଦେଶର ଗଣତନ୍ତ୍ର ଓ ସମ୍ବିଧାନ ବିରୋଧୀ କାର୍ଯ୍ୟ ଅଟେ । ୧୯୯୪-୯୫ ମସିହାରେ କଂଗ୍ରେସ ଦଳ ତରଫରୁ ଆୟକର ବିଭାଗରେ ଆୟକର ସଂକ୍ରାନ୍ତୀୟ କାଗଜ ଦାଖଲ କରିବାରେ ଏକ ମାସ ବିଳମ୍ବ କୁ ନେଇ ପ୍ରଧାନମନ୍ତ୍ରୀ ମୋଦୀଙ୍କ ନିର୍ଦ୍ଦେଶ ରେ କଂଗ୍ରେସ ଦଳର ଏଗାର ଗୋଟି ବ୍ୟାଙ୍କ୍ ଆକାଉଣ୍ଟ କୁ ଜବତ୍ କରାଯାଇଛି । ଆଉ ମାତ୍ର ଦୁଇମାସରେ ଦେଶର ନିର୍ବାଚ଼ନ, ଏହି ପରିପ୍ରେକ୍ଷୀରେ କଂଗ୍ରେସ ଦଳକୁ ଆର୍ଥିକ ଦୃଷ୍ଟି ରୁ ଦୃବଳ କରିବା ମୋଦୀ ସରକାର ର ହିନ ଚେଷ୍ଟା ବିରୁଦ୍ଧରେ ଆଜି କଂଗ୍ରେସ କାର୍ଯ୍ୟାଳୟ ସମ୍ମୁଖରେ ଆଜି ଗଞ୍ଜାମ ଜିଲ୍ଲା ଯୁବ କଂଗ୍ରେସ ପକ୍ଷରୁ ଜିଲ୍ଲା ସଭାପତି ବିକାଶ ନାୟକଙ୍କ ନେତୃତ୍ୱରେ ନରେନ୍ଦ୍ର ମୋଦିଙ୍କ କୁଶପୁତ୍ତଳିକା ଦାହ କରାଯାଇଛି। ଏହି କାର୍ଯ୍ୟକ୍ରମରେ ରାଜ୍ୟ ଯୁବ କଂଗ୍ରେସ ସାଧାରଣ ସମ୍ପାଦକ ଚ଼ିନ୍ମୟ କୁମାର ହୋତା, ଗଞ୍ଜାମ ଜିଲ୍ଲା ଯୁବ କଂଗ୍ରେସ ଉପ ସଭାନେତ୍ରୀ ସୁପ୍ରଭା କୁମାରୀ ଦାସ , ବ୍ରହ୍ମପୁର ବିଧାନସଭା ଯୁବ କଂଗ୍ରେସ ସଭାପତି ତତ୍ ସତ୍ ସୁବୁଦ୍ଧି , ଯୁବ କଂଗ୍ରେସ ନେତା ସିଦ୍ଧାନ୍ତ ସାହୁ , ଆତିସ ଦଳେଇ , ରାକେଶ ରାଉତ , ନରେଶ ଘଡେଇ , ସିଦ୍ଧାର୍ଥ ଗୌଡ଼, ଟିକିନା ପ୍ରଧାନ, ତାରିଣୀ ମାଝୀ ସମେତ ଅନେକ ଯୁବ କଂଗ୍ରେସ ନେତା ଉପସ୍ଥିତ ଥିଲେ ।

## ଓଡ଼ିଶା- ଆନ୍ଧ୍ର ସୀମାନ୍ତ ମହେନ୍ଦ୍ରତନୟା ଚେକ ଗେଟ ଠାରେ ଗଜପତି ଓ ଶ୍ରୀକାକୁଳମ ୨ ଏସ୍‌ପିଙ୍କ ମିଳିତ ଅନୁଧ୍ୟାନ

ପାରଳାଖେମୁଣ୍ଡି, ୨୨।୩(ପି.ଏନ): ଓଡ଼ିଶା- ଆନ୍ଧ୍ର ସୀମାନ୍ତ ତଥା ପୁରୁଣାପାଟଣା ରାସ୍ତାରେ ଥିବା ମହେନ୍ଦ୍ରତନୟାଚେକ ଗେଟ ଠାରେ ଉଭୟ ଗଜପତି ଓ ଆନ୍ଧ୍ର ଶିକାକୁଳମ ଜିଲ୍ଲାର ୨ ଏସପି ମିଳିତ ଭାବେ ଯାଞ୍ଚ କରିଛନ୍ତି. ସାଧାରଣ ନିର୍ବାଚ଼ନ ଲାଗି ଆଦର୍ଶ ଆଚ଼ରଣ ବିଧି ଲାଗୁ ହୋଇଛି। ମୁଖ୍ୟ ନିର୍ବାଚ଼ନ କମିଶନଙ୍କ ନିର୍ଦ୍ଦେଶ ପ୍ରକାରେ ଶାନ୍ତିପୂର୍ଣ୍ଣ ଓ ଅବାଧ ନିର୍ବାଚ଼ନ ପରିଚ଼ାଳନା ନିମନ୍ତେ ବ୍ୟାପକ ପଦକ୍ଷେପ ନେବାକୁ କୁହାଯାଇଛି। ହୋର୍ଡିଂ ହଟାଇବାଠାରୁ ଆରମ୍ଭ କରି କଡ଼ାକଡ଼ି ଯାଞ୍ଚ କରାଯାଉଛି। ଏହି ପରିପ୍ରେକ୍ଷୀରେ ଗଜପତି ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ସ୍ୱାତୀ ଏସ୍. କୁମାର ଏବଂ ପଡ଼?ଶୀ ଆନ୍ଧ୍ର ପ୍ରଦେଶ ଶ୍ରୀକାକୁଳମ ଜିଲ୍ଲା ଆରକ୍ଷୀ ଅଧୀକ୍ଷକ ଜି. ଆର୍ ରାଧିକା ମହେନ୍ଦ୍ରତନୟା ନଦୀ ତଟରେ ଥ?ବା ଚେକ ଗେଟ ଠାରେ ମିଳିତ ଭାବେ ଅନୁଧ୍ୟାନ କରିଥିଲେ ।






# ଟି ଟାଇମ୍

## ଜୋକ୍ସ



ଶିକ୍ଷକ-କାଲି ସ୍କୁଲ କାହିଁକି ଆସି ନଥିଲ ?
ଛାତ୍ର-କାଲି ପରା ମୁଁ ପଡିଗଲି । ଆଉ ଲାଗିଗଲା
ଶିକ୍ଷକ-କେଉଁଠି ପଡିଗଲ ଆଉ କ'ଣ ଲାଗିଗଲା ?
ଛାତ୍ର ଖଟରୁ ପଡିଗଲି ଆଉ ମୋ ଆଖି ଲାଗିଗଲା ।

## ପୁରାଣ କାହାଣୀ

# ବାଣୀ ପ୍ରଭାବରେ ଚୋର ହେଲା ସାଧୁ



ଅନ୍ଧାର ରାତିରେ ଚୋରଟି ଚୋରି କରି ଅଣନିଃଶ୍ୱାସୀ ହୋଇ ଚାଲି ଚାଲି ଥକି ଗୋଟିଏ ବୃକ୍ଷମୂଳେ ବିଶ୍ରାମ ନେଉଥିଲା । ହଠାତ୍ ସେ ରାସ୍ତରକଡରେ ବିଶ୍ରାମ ନେଉଥିବା ସମୟରେ ଜରିମାନଙ୍କ ଉପରେ ନଜର ପଡିଲା । ନିଶ୍ଚିନ୍ତରେ ଶୋଇଥିବା ଜରିର ଜୀବନଧାରା ସହିତ ନିଜକୁ ତୁଳନା କରି ଗଭୀର ଚିନ୍ତା କରିବାକୁ ଲାଗିଲା । କେତେବେଳେ ସୂର୍ଯ୍ୟ ଉଦୟ ହେଲେ ତାହା ସେ ଜାଣି ପାରିଲା ନାହିଁ । ଅନ୍ଧାର ଅପସରି ଆସୁଥିବା ବେଳେ ଚୋରର ମାନସିକ ଉଦବେଳନ ବଢ଼ି ଚାଲିଥାଏ । ସେହି ସମୟରେ ସେ ଲୋକଙ୍କୁ ଦେଖି ଭୟଭୀତ ହୋଇ ଚମକି ଉଠିଲା । କାଳେ କିଏ ତାକୁ ଦେଖିଦେଲା ଆଉ ଚିହ୍ନିଦେଲା କି ? ଭିକାରୀ ଓ ବୁଲା କୁକୁର ନିଜ ନିଜ ପେଟ ଭରଣା ପାଇଁ ଏଣେତେଣେ ବୁଲି ଖାଦ୍ୟ ସଂଗ୍ରହ କରିବାକୁ ଲାଗିଲେ । କିନ୍ତୁ ଚୋର ପାଇଁ ଦିନଟି ଥିଲା ଅଭିଶାପ । ଭିକାରୀ କଥା ମନେ ପକାଉ ପକାଉ ତା' ମା କଥା ମନେ ପଡିଲା । ମା'ତାକୁ କହୁଥିଲା କାମକୁ ଡରି ପଳାଇ ଯାଉଛି ଭବିଷ୍ୟତରେ ଅସୁବିଧା ଭୋଗିବୁ । ଏହି କଥା ଭାବୁ ଭାବୁ ରାସ୍ତାରେ ଯାଉଥିବା ଦୁଇ ଦମ୍ପତିଙ୍କ କଥା ଶୁଣିବାକୁ ପାଇଲା । ଦୁଇ ଦମ୍ପତି ରାତିରେ ସାଧୁଙ୍କ ପ୍ରବଚନ ଶୁଣି ସକାଳେ ଘରକୁ ପ୍ରତ୍ୟାବର୍ତ୍ତନ କରୁଥିଲେ । ସେମାନେ ରାସ୍ତାରେ ସାଧୁଙ୍କ ବାଣୀ ଏତେ ଶାନ୍ତିପ୍ରଦ, ହିତକାରକ, ପ୍ରେରଣାଦାୟୀ ଥିଲା ବୋଲି କୁହାକୁହି ହୋଇ ଯାଉଥିଲେ । ଏହା ଶୁଣି ଚୋରର ମନ ସାଧୁଙ୍କ ବାଣୀ ପ୍ରତି ଆକର୍ଷିତ ହେଲା । ସାଧୁଙ୍କ ବାଣୀରେ ସେ ଏତେ ବିମୁଗ୍ଧ ହୋଇଗଲାଯେ ସେ ସାଧୁଙ୍କ ନିକଟକୁ ଆସିଲା ଓ ପ୍ରବଚନ ଶୁଣିଲା । ଲୁଚାଛପା କାମ କଲେ ମନରେ ଭୟ ଜାତ ହୋଇଥାଏ ବୋଲି ସାଧୁ କହିଲେ । ପରେ ଚୋର ସାଧୁଙ୍କୁ ସବୁ ସତ କଥା କହିଲା । ଅଜ୍ଞାତବସତଃ ମୁଁ ଆଜିଯାଏଁ କୁକର୍ମ କରି ଆସୁଥିଲି । କିନ୍ତୁ ଏବେ ପ୍ରତିଜ୍ଞା କରୁଛି ଆଜିଠାରୁ ମୁଁ ପରିଶ୍ରମ କରିବି ବୋଲି ସାଧୁଙ୍କୁ ସେ ପ୍ରତିଶ୍ରୁତି ଦେଇଥିଲା ।

# ଆଜିର ଭାଗ୍ୟ

**ମେଷ** – କାର୍ଯ୍ୟ ହାସଲ କ୍ଷେତ୍ରରେ ଜଣେ ପୂର୍ବତନ ବନ୍ଧୁ ସାହାଯ୍ୟ କରିବେ। ଆନୁଷ୍ଠାନିକ କାମରେ ସଫଳତା ପାଇବେ। ବ୍ୟବସାୟରେ ସାମାନ୍ୟ କ୍ଷତି ହୋଇପାରେ। ପରିବହନରେ ଉନ୍ନତି କରିବେ। ମହିଳାଙ୍କ ଭାତୃ ସମ୍ପର୍କ ବୃଦ୍ଧି ପାଇବ।

**ବୃଷ** – ଅନ୍ୟମାନଙ୍କୁ ନିଜ ଆଡକୁ ଆକର୍ଷିତ କରିବା ପାଇଁ ବିଭିନ୍ନ ପ୍ରକାର ଚେଷ୍ଟା କରିବେ। ବନ୍ଧୁଙ୍କର ସହାନୁଭୂତି ଲାଭ କରିପାରନ୍ତି। ସ୍ଥଗିତ କାମକୁ ତ୍ୱରାନିତ କରିବେ। ମହିଳାମାନେ ସାଥିଙ୍କ ବାଟକୁ ଚାହିଁ ବସିବେ। ଦୂର ସ୍ଥାନକୁ ଭ୍ରମଣ ଯୋଗ ରହିଛି।

**ମିଥୁନ** – କର୍ମକ୍ଷେତ୍ରରେ କେତେକ ଦିଗରୁ ଚାପର ସମ୍ମୁଖୀନ ହୋଇପାରନ୍ତି। ଧୈର୍ଯ୍ୟ ହରାନହୋଇ ପରିସ୍ଥିତିର ସାମ୍ନା କରିବେ। ସାମ୍ବାଦିକତା କ୍ଷେତ୍ରରେ ପ୍ରତିବନ୍ଧକର ସମ୍ମୁଖୀନ ହେବେ। ବ୍ୟବସାୟରେ ବନ୍ଧୁ ସମ୍ପର୍କ ପ୍ରେ ଓ ପ୍ରଣୟ କ୍ଷେତ୍ରରୁ ଅନୁକୂଳ ଫଳ ମିଳିବ।

**କର୍କଟ** – ବନ୍ଧୁଙକ ନିକଟୁ ସାହାଯ୍ୟ ପଅତିଶୃତି ପାଇ ଆସ୍ୱସ୍ଥି ଅନୁଭବ କରିବେ। ପାରିବାରିକ ଅସ୍ଥିରତା ଓ ଅର୍ଥାଭାବ ପାଇଁ ମାନସିକ ଦ୍ୱନ୍ଦ ଭିତରେ ସମୟ କଟାଇବେ। ଆତ୍ମିୟମାନଙ୍କ ପରାମର୍ଶ ନେଇ କାର୍ଯ୍ୟ କ୍ଷେତ୍ରରେ ଉପକୃତ ହେବେ।

**ସିଂହ** – ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କ ଉପରେ ନିର୍ଭର କରିବାକୁ ପଡିପାରେ। କର୍ମକ୍ଷେତ୍ରରେ ନୂତନ ଯୋଜନା ଆରମ୍ଭ କରିପାରନ୍ତି। ବକେୟା ଟଙ୍କା ମିଳିବାର ଯୋଗ ରହିଛି। ପ୍ରତିଷ୍ଠିତ ବ୍ୟକ୍ତିଙ୍କ ପରୋକ୍ଷରେ ସାହାଯ୍ୟ ପ୍ରାପ୍ତି ହୋଇପାରେ।

**କନ୍ୟା** – ହଠାତ୍ ଅର୍ଥ ସମ୍ପର୍କକୁ ନେଇ ଭାତୃ ବିବାଦ ଦେଖାଦେଇପାରେ। ପ୍ରେମରେ ପ୍ରତାରଣା ପାଇ କର୍ମକ୍ଷେତ୍ରରେ ପରିସ୍ଥିତିର ଚାପ ବୃଦ୍ଧି ପାଇବ। ସାମାନ୍ୟ ଶାରୀରିକ ଅସୁସ୍ଥତା ଅନୁଭବ କରିବେ। ମହିଳାଙ୍କ କ୍ଷେତ୍ରରେ ବିଭିନ୍ନ ପ୍ରକାରର ଶତ୍ରୁମାନେ କଟୁ କଥା କହିବେ।

**ତୁଳା** – ଇଚ୍ଛା ନଥିଲେ ମଧ୍ୟ ସମୟ ଓ ପରିସ୍ଥିତିକୁ ନେଇ ବନ୍ଧୁଙ୍କ ସହ ବିତର୍କ ସୃଷ୍ଟି ହୋଇପାରେ। ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଜଟିଳ ରୂପ ଦେବାରେ ସମର୍ଥ ହେବେ। ଅର୍ଥ ସଂଗ୍ରହରେ ତତ୍ପରତା ପ୍ରକାଶ କରିବେ।

**ବିଛା** – ପଡୋଶୀଙ୍କ ସହ ସମ୍ପର୍କ ମଧୁର ରଖିବାକୁ ଚେଷ୍ଟା କରିବେ। ବନ୍ଧୁଙ୍କ ସହ ସୌହାର୍ଦ୍ଦ୍ୟପୂର୍ଣ୍ଣ ଆଲୋଚନାରୁ ମନ ଖୁସି ରହିବ। ବିବାଦୀୟ ପରିସ୍ଥିତିର ଦୃଢ଼ ମୁକାବିଲା କରିବେ। ମହିଳାମାନେ ଭାବ ପ୍ରବଣତା ପ୍ରକାଶ କରିବେ।

**ଧନୁ** – ସୁନ୍ଦର ମଧୁର କଥା କହି ଅନ୍ୟମାନଙ୍କୁ ଆକର୍ଷିତ କରି କାର୍ଯ୍ୟ ହାସଲ କରିବେ। ଶାରୀରିକ ଅସୁସ୍ଥତା ଫେରି ପାଇବ। ପାରିବାରିକ କ୍ଷେତ୍ର, ଯାତ୍ରା ଓ ଦାମ୍ପତ୍ୟ ଜୀବନରୁ ସୁଫଳ ପାଇବେ। ଦୂର ସ୍ଥାନକୁ ଯାତ୍ରା କରିପାରନ୍ତି। ମହିଳାଙ୍କ ମନୋବଳ ଦୃଢ଼ ରହିବ।

**ମକର** – କୌଣସି ଅପରିଚିତ ବ୍ୟକ୍ତିଙ୍କ ଦ୍ୱାରା ଗୁରୁତ୍ୱ ପୂର୍ଣ୍ଣ କାର୍ଯ୍ୟ ହସଲ କରିବେ। ଭାବୁଥିବା କାମଟିକୁ ସମ୍ପୂର୍ଣ୍ଣ କରିବା ପାଇଁ ବନ୍ଧୁଙ୍କର ସାହାଯ୍ୟ ଭିକ୍ଷ୍ୟା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖାଦେଇପାରେ। ମହିଳାମାନେ ଅଶାନ୍ତି ରହିବେ।

**କୁମ୍ଭ** – ଯେତେ ତ୍ୟାଗ ସ୍ୱିକାର କଲେ ମଧ୍ୟ ବନ୍ଧୁ ସହକର୍ମୀ ଓ ପଡୋଶୀଙ୍କର ଭୁଲ୍ ଧାରଣାକୁ ବଦଳାଇ ପାରିବେ ନାହିଁ। ଆୟ ଅପେକ୍ଷା ବ୍ୟୟ କ୍ରମଶଃ ବୃଦ୍ଧି ପାଇବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ପାଇଁ ଚିନ୍ତିତ ରହିବେ। ଆକସ୍ମିକ ଭାବେ ଉପହାର ଦ୍ରବ୍ୟ ଲାଭ ହୋଇପାରେ।

**ମୀନ** – କର୍ମକ୍ଷେତ୍ରରେ ସହଜ ସୁବିଧରେ କାମ ହାସଲ କରିବେ। ବନ୍ଧୁଙ୍କର ଆଦର ମନକୁ ଖୁସି ରଖିବ। ସଭା, ସମିତି, ରାଜନୀତି କ୍ଷେତ୍ରରେ ପ୍ରଶଂସିତ ହେବେ। ମହିଳାମାନେ ଅନ୍ୟଙ୍କ ସେବାରେ ବ୍ୟସ୍ତ ରହିବେ।

# କୃତ୍ରିମ ଜଳପ୍ରପାତ



ଚାଇନା ଅନ୍ତର୍ଗତ ୟୁନାନ ପ୍ରଦେଶର କୁନମିଂରେ ପର୍ଯ୍ୟଟକଙ୍କ ମନୋରଞ୍ଜନ ପାଇଁ ଏକ କୃତ୍ରିମ ଜଳ ପ୍ରପାତ ସୃଷ୍ଟି କରାଯାଇଛି । ଏହାର ଉଚ୍ଚତା ସାଢ଼େ ୧୨ ମିଟର । ଚଉଡା ଚାରି ଶହ ମିଟର । ନିଉଲାନ୍ ନଦୀରେ ପ୍ରବାହିତ ଜଳକୁ ୟୁନାନର ବୃହତ୍ତମ ମଧୁର ଜଳ ହ୍ରଦ ଡିଆନସି ମଧ୍ୟରେ ପ୍ରବେଶ କରାଇ ଏହି ପ୍ରପାତ ସୃଷ୍ଟି କରାଯାଇଛି । ଏହାଦ୍ୱାରା ବନ୍ୟା ବିପ୍ତାତରୁ ରକ୍ଷା ମିଳିବା ସହ ସହରର ପାନୀୟ ଜଳ ଯୋଗାଣ ବ୍ୟବସ୍ଥାରେ ଉନ୍ନତି ଆସି ପାରିବ । କୃତ୍ରିମ ଜଳ ପ୍ରପାତ ଚାରିପଟେ ଉଦ୍ୟାନ ରହିଛି । ଦୁଇ ବର୍ଷ ତଳେ ଉଭୟ ପ୍ରପାତ ଓ ଉଦ୍ୟାନ ବିକଶିତ କରାଯାଇଛି । ଉକ୍ତ ପ୍ରକଳ୍ପରେ ସତର କୋଟି ମାର୍କିନ୍ ଡଲାର ବ୍ୟୟ ହୋଇଥିବା ପ୍ରକାଶ ।

# ଦେବୀ ରାଧାଙ୍କ ଜନ୍ମ ରହସ୍ୟ



ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ। ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ। ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

# ସ୍ମରଣଶକ୍ତି ବଢ଼ାଏ ଅଣ୍ଡା

ଆମେରିକା ସ୍ଥିତ ଟଫ୍ଟ ୟୁନିଭରସଟିର ରିସର୍ଚ୍ଚ କର୍ତ୍ତାମାନଙ୍କ କହିବା ହେଉଛି କି ଅଣ୍ଡା ଖାଇବା ଦ୍ୱାରା ମସ୍ତିଷ୍କ ମଜଭୁତ୍ ହୋଇଥାଏ ଏବଂ ଡିମେସିୟା ଭଳି ରୋଗର ଭୟ ଟଳିଯାଇଥାଏ । ଏହି ସମସ୍ୟାରେ ପୀଡ଼ିତ ଲୋକମାନଙ୍କର ସ୍ମରଣ ଶକ୍ତି ଅତି କମ୍ ହୋଇଯାଇଥାଏ । ରିସର୍ଚ୍ଚରେ ସାମିଲ୍ ଥିବା ଲୋକମାନଙ୍କୁ ଦୁଇ ଟିମ୍‌ରେ ବିଭାଜିତ କରାଯାଇଥିଲା । ପ୍ରଥମ ଟିମ୍‌କୁ ଖାଇବା ପାଇଁ ନିୟମିତ ୨ଟି ଲେଖାଏଁ ଅଣ୍ଡା ଦିଆଯାଉଥିଲା । ଯେବେକି ଅନ୍ୟ ଟିମ୍‌କୁ ଅଣ୍ଡା ପ୍ରତିବଦଳରେ ଅନ୍ୟାନ୍ୟ ଦ୍ରବ୍ୟ ଖାଇବାକୁ ଦିଆଯାଉଥିଲା । ମାସକ ପରେ ଦୁଇଟି ଟିମ୍‌ର ସଦସ୍ୟମାନଙ୍କର ସ୍ମରଣ ଶକ୍ତି, ତର୍କ କ୍ଷମତା ଏବଂ ଏକାଗ୍ରତା ସ୍ତରର ପରୀକ୍ଷା କରାଯାଇଥିଲା । ନିୟମିତ ଅଣ୍ଡା ଖାଉଥିବା ଟିମ୍‌ର ସଦସ୍ୟମାନଙ୍କର ପ୍ରଦର୍ଶନ ଅନ୍ୟ ଟିମ୍ ତୁଳନାରେ ଅଧିକ ଭଲ ହୋଇଥାଏ । ଅଣ୍ଡାରେ ଲ୍ୟୁଟିନ୍ ଏବଂ ଜେସିକାଥିନ୍ ନାମକ ଦୁଇ ପ୍ରକାର ଅକ୍ସିକରଣ ରୋଗ ପ୍ରତିରୋଧକ ତତ୍ତ୍ୱ ମିଳିଥାଏ । ଯାହା ଭାବିବା ଓ ବୁଝିବା ପ୍ରକ୍ରିୟାକୁ ସହଜ କରିଥାଏ । ଏଥିପାଇଁ ଆପଣ ମାଂସାହାରୀ ହୋଇଥାନ୍ତି ତେବେ ପ୍ରତିଦିନ ଖାଦ୍ୟରେ ଅଣ୍ଡାକୁ ସାମିଲ କରନ୍ତୁ ।

# ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରିବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ବର୍ଷୀୟ ରୋବର୍ଟ ଟାଡ଼ ଓ ୪୩ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍‌ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି ।

# ଜିନ୍ସ ସୃଷ୍ଟି କରୁଛି ସମସ୍ୟା



ଆଜିକାର ଅତ୍ୟାଧୁନିକ ଯୁବତୀମାନେ ଚିପା ଜିନ୍ସ ପିନ୍ଧିବାକୁ ଏକ ଫ୍ୟାଶନ ମନେ କରୁଛନ୍ତି। ହେଲେ ଏହାଦ୍ୱାରା ଯେ ସ୍ୱାସ୍ଥ୍ୟଗତ ସମସ୍ୟା ସୃଷ୍ଟି ହୁଏ ସେଥିପ୍ରତି କେହି ଧ୍ୟାନ ଦିଅନ୍ତି ନାହିଁ। ଏକ ଗବେଷଣାରୁ ଜଣାଯାଇଛି ଯେ ଚିପା ଜିନ୍ସ ପିନ୍ଧିବା ଦ୍ୱାରା ଏକ ପ୍ରକାର ସ୍ନାୟୁଗତ ରୋଗ ସୃଷ୍ଟି ହୁଏ, ଯାହାକୁ କୁହନ୍ତି 'ମେରାଲଜିଆ ପାରେସ୍ଥଟିକା' ବା 'ଟିଙ୍ଗଲିଙ୍ଗ୍ ଥିଙ୍ଗ ସିଣ୍ଡ୍ରମ'। ଏହାଦ୍ୱାରା ଜଙ୍ଘରେ ଯାଇଥିବା ଚର୍ମ ସମ୍ବନ୍ଧୀୟ ସ୍ନାୟୁଗୁଡିକ ଏମିତି ପ୍ରତିକ୍ରୀୟାଶୀଳ ହୋଇପଡ଼ନ୍ତି ଯେ ଗୋଡ଼ ଝିମ୍‌ଝିମ୍ ଲାଗିବା ସହ ବିନ୍ଧି ଉଠେ। ଏହି ରୋଗରେ ଗୋଡ଼ ଅକାମି ହୋଇଗଲା ପରି ଅନୁଭୂତ ହୁଏ। ଚିପା ଜିନ୍ସ ସାଙ୍ଗକୁ ଯଦି ହାଇ ହିଲ୍ ଜୋତା ପିନ୍ଧିଥିବେ ତେବେ ଅବସ୍ଥା ଆହୁରି ସଙ୍ଗିନ ହୋଇଯିବାର ଆଶଙ୍କା ଥାଏ।

# ବିଶ୍ୱର ବଡ ଫୁଲ ବଜାର



ବିଶ୍ୱର ସବୁଠୁ ବଡ ଫୁଲ ବଜାର ପ୍ରତିଦିନ ଉତ୍ତର ହଲାଣ୍ଡ ଅନ୍ତର୍ଗତ ଆଲସମିର ସହରରେ ବସେ । ସେଠାରେ ବିଶ୍ୱର ସମସ୍ତ ଅଞ୍ଚଳର ଫୁଲ ବିକ୍ରି ହୁଏ । ଦୈନିକ ପ୍ରାୟ ଦୁଇ କୋଟିର ଫୁଲ ସେଠାରେ କାରବାର ହୋଇଥାଏ । ୨୪୩ ଏକର ଜମି ଉପରେ ଏଥିପାଇଁ ଗୋଦାମ ତିଆରି କରାଯାଇଛି । ପ୍ରତିଦିନ ରାତି ୧୦ଟା ସୁଦ୍ଧା ସେଠାକୁ ଫୁଲ ଆସେ ସାରା ରାତି ଫୁଲ ସଜାଡିବା କାର୍ଯ୍ୟ ଚାଲେ । ସକାଳ ୬ରେ ଫୁଲ ବିକ୍ରି ଆରମ୍ଭ ହୁଏ । ପାଇକାରୀ ବଜାର ହୋଇଥିବାରୁ ମୁଖ୍ୟତଃ ପାଇକାରୀମମାନେ ଏଠାକୁ ଆସନ୍ତି । ସମସ୍ତ ବିକ୍ରି ବଟା ନିଲାମ ଦ୍ୱାରା ହୁଏ । ଦିନ ୨ଟା ସୁଦ୍ଧା ବ୍ୟବସାୟ ସରେ ଏବଂ ପର ଦିନ ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଥାଏ ।

# ଫେସ୍‌ବୁକ ମାୟାରେ ଯୁବପିଢ଼ି

ବ୍ୟସ୍ତ ବହୁଳ ଜୀବନରେ ଫେସବୁକ ପାଲଟିଛି ମନୋରଞ୍ଜନର ମାଧ୍ୟମ । କାମରୁ ଟିକିଏ ଫୁରୁସତ ମିଳିଲେ ସମସ୍ତେ ଚାହାନ୍ତି ନିରୋଳାରେ ଅନ୍ତରଙ୍ଗ ବନ୍ଧୁ ସହ ଆଳାପ କରିବାକୁ । କିଛି ମନଖୋଲି କଥା ହେବାକୁ ଏବଂ ଅଜଣା ରାଇଜର ଖବର ଜାଣିବାକୁ । ହେଲେ ଏସବୁ ସମ୍ଭବ ହୋଇଛି ସୋସିଆଲ ମିଡିଆ ଫେସବୁକ ପାଇଁ । ସବୁ ପ୍ରତିବନ୍ଧକକୁ ଡେଇଁ ଫେସବୁକ ସମସ୍ତଙ୍କୁ ନିଜର କରି ପାରିଛି । ସ୍ନେହ, ଶ୍ରଦ୍ଧା ଦେଇ ମନ କିଣିଛି । ସେଥିପାଇଁ ଫେସବୁକ ଆଜି ଲକ୍ଷାଧିକ ଲୋକଙ୍କ ପସନ୍ଦ ପାଲଟିଛି । ସଫଳତାର ୧୦ ବର୍ଷ ଅତିକ୍ରମ କରି ଫେସବୁକ ରେକର୍ଡ ସୃଷ୍ଟି କରିଛି ।

୨୦୦୪ରେ ହାର୍ଭାର୍ଡରେ କିଛି ଛାତ୍ରଛାତ୍ରୀ ମେସେଜ ସେୟାର କରି ମଜା ନେବାର ସଫଳତା ଆଜି ବିଶ୍ୱାବସୀ ଅନୁଭବ କରୁଛନ୍ତି । ଯେଉଁ ମଜା ପରବର୍ତ୍ତି କାଳରେ ସାରା ବିଶ୍ୱାବସୀଙ୍କୁ ଏକତାର ସୂତ୍ରରେ ବାନ୍ଧି ପାରିଛି । ଦୀର୍ଘ ଦଶ ବର୍ଷ ହେଲା ଫେସବୁକ କୁହୁକରେ ସାରା ବିଶ୍ୱ ମସଗୁଲ ହୋଇ ଯାଇଛି । ସବୁ ବର୍ଗର ଜନସାଧାରଣ ଏହି ମୟାଜାଲରେ ଏମିତି ବାନ୍ଧି ହୋଇଛନ୍ତିଯେ ସହଜରେ ମୁକୁଳି ପାରୁ ନାହାନ୍ତି । ବିଶେଷକରି ଯୁବପିଢ଼ିଙ୍କ ପାଇଁ ଫେସବୁକ ଏକ ବରଦାନ ସଦୃଶ ପାଲଟିଛି । ବନ୍ଧୁତା ମଧ୍ୟରେ ଦୂରତା କମାଇବାରେ ଏହି ସୋସିଆଲ ମିଡିଆ ଫେସବୁକ ପ୍ରମୁଖ ଭୂମିକା ଗ୍ରହଣ କରିଛି । ଯେଉଁଥିପାଇଁ ଦିନକୁ ଦିନ ଫେସବୁକର ଲୋକପ୍ରିୟତା ଓ ୟୁଜର୍ସଙ୍କ ସଂଖ୍ୟା ବଢ଼ି ଚାଲିଛି । ୧୦ ବର୍ଷ ପୂର୍ବରୁ ଭାରତରେ ଏହାର ସଚେତନତା କମ ଥିଲା । ତେଣୁ ଫେସବୁକ ସମ୍ବନ୍ଧରେ ଅଧିକାଂଶ ଯୁବପିଢ଼ି ଅଜ୍ଞ ଥିଲେ । କିନ୍ତୁ ଆଇଟି ସେକ୍ଟର ଯେପରି ଭାବେ ଦୃତ ଗତିରେ ଚାରିଆଡେ ବ୍ୟାପିଲା ଭାରତରେ ମଧ୍ୟ ତାର ପ୍ରଭାବ ପଡିଲା । ଫଳରେ ଫେସବୁକ ଧିରେଧିରେ ଜନାଦୃତ ହେଲା । ମୁମ୍ବାଇ, ଦିଲ୍ଲୀ, ବାଙ୍ଗାଲୋର ଏବଂ ହାଇଦ୍ରାବଦ ଭଳି ମେଟ୍ରୋ ସିଟିରେ ଏହି ସୋସିଆଲ ମିଡିଆ ପ୍ରଚାର ପ୍ରସାର ହେବା ପରେ ଗାଁ ଗହଳିରେ ବି ଏହାର ଜାଲ ପଡି ଯାଇଛି । ଫେସବୁକ ମାଧ୍ୟମରେ ଭାବ ଆଦାନ ପ୍ରଦାନ ଅତି ସହଜରେ ହେଉଥିବାରୁ ସମସ୍ତଙ୍କ ପ୍ରିୟଭାଜନ ହୋଇ ପାରିଛି । ବର୍ତ୍ତମାନସୁଦ୍ଧା ଫେସବୁକର ୧୫୦ ବିଲିଅନ ଡଲାର ସହଯୋଗୀ ହୋଇଥିବା ବେଳେ ୨୦୧.୬ ବିଲିଅନ ବ୍ୟକ୍ତି ବନ୍ଧୁତାର ସୂତ୍ରରେ ବାନ୍ଧି ହୋଇଛନ୍ତି । ପ୍ରତି ମାସରେ ୧.୨୩ ବିଲିଅନ ଲୋକ ଫେସବୁକ ବ୍ୟବହାର କରୁଛନ୍ତି । ପ୍ରତିଦିନ ୬ ବିଲିଅନ ଲୋକ ଫେସବୁକ ପସନ୍ଦ କରୁଥିବା ବେଳେ ୪୦୦ ବିଲିଅନ ଫଟୋ ସେୟାର ହୋଇଛି । ଏହାସହ ୭.୮ ଟ୍ରିଲିଅନ ମେସେଜ ଫେସବୁକରୁ ପଠା ଯାଇଛି । ସୋସିଆଲ କ୍ଲିନିକ ୱେବସାଇଡର ମତ ଅନୁସାରେ କେଳବ ୨୦୧୩ରେ ସାଉଦିରେ ୭.୮ ମିଲିଅନ ଫେସବୁକ ବ୍ୟବହାରକାରୀ ଥିଲେ । ୨୦୦୪ରେ ମାତ୍ର ୧ ମିଲିଅନ ଫ୍ୟାନଙ୍କୁ ନେଇ ଆରମ୍ଭ ହୋଇଥିବା ଫେସବୁକ ବର୍ତ୍ତମାନ ୧,୨୩୦ ମିଲିଅନ ବ୍ୟବହାରୀକାରୀଙ୍କ ପାଖରେ ପହଞ୍ଚିଛି । ୨୦୦୫ରେ ୬ ମିଲିଅନ ବ୍ୟବହାରୀକାରୀ ଥିବା ବେଳେ ୨୦୦୭ରେ ୫୮ ମିଲିଅନ, ୨୦୦୮ରେ ୧୪୫ ମିଲିଅନ, ୨୦୦୯ରେ ୩୬୦ ମିଲିଅନ, ୨୦୧୦ରେ ୬୦୮, ୨୦୧୧ରେ ୮୪୫, ୨୦୧୨ରେ ୧,୦୫୬ ଏବଂ ୨୦୧୩ରେ ୧,୨୩୦ ମିଲିଅନ ବ୍ୟକ୍ତି ଫେସବକୁ ବ୍ୟବହାର କରୁଥିବା ୧୦ ବର୍ଷ ପୂର୍ତ୍ତି ଉତ୍ସବରୁ ଜଣାପଡିଥିଲା ।

# ଦୁଦୁରା ଫୁଲର ଔଷଧୀୟ ଗୁଣ



ଶ୍ରାବଣ ମାସରେ ମହାଦେବଙ୍କଠାରେ ବିଲ୍ୱପତ୍ର, ଦୁଦୁରା ଏବଂ କ୍ଷୀର ଚଢ଼ାଇବାର ବିଶେଷ ମହତ୍ତ୍ୱ ରହିଛି । ଦୁଦୁରା ପୁଷ୍ପର ବିଶେଷତା ଓଉପଯୋଗ ଅଧିକ । ଆୟୁର୍ବେଦରେ ଦୁଦୁରାକୁ ବିଷ ବର୍ଗରେ ରଖା ଯାଇଛି । ଏହାର ବୀଜକୁ ଔଷଧ ରୂପେ ରଖାଯାଏ । ଅଧ ଲିଟର ସୋରିଷ ତେଲରେ ଦୁଦୁରା ପତ୍ରର ରସ ମିଶାଇ ଗରମ କରି ମୁଣ୍ଡରେ ଲଗାଇଲେ ଉକୁଣି ଲୋପ ପାଇଯାଇଥାଏ । ଦୁଦୁରା ପତ୍ରର ରସକୁ ସାମାନ୍ୟ ଗରମ କରି ଗଣ୍ଠି ସ୍ଥାନରେ ଲଗାଇ ପଟି ବାନ୍ଧି ରଖିଲେ ବିନ୍ଧାବୀନ୍ଧି ଦୂର ହୋଇଯାଇ ଥାଏ । ଦୁଦୁରା ଗଛର ପତ୍ର, ଫୁଲ, ଫଳ, ତ୍ୱକ ଏବଂ କାଣ୍ଡର ରସକୁ ମିଶାଇ ରାଶି ତେଲରେ ପକାଇ ଗରମ କରି କାନରେ ପକାଇଲେ କାନ ପରିଷ୍କାର ହେବା ସହ କାନ ପିଡା କମିଯାଏ । ଦୁଦୁରା ମଞ୍ଜିର ପୋଡା ଅଂଶକୁ ଜ୍ୱର ସମୟରେ ଶରୀରରେ ଲଗାଇଲେ ଜ୍ୱର କମ ହୋଇ ଯାଇଥାଏ । ଦୁଦୁରା ଫଳର ଚୂର୍ଣ୍ଣକୁ ଅଧା ଚାମଚ ଗୁଆ ଘିଅ ଓ ମହୁ ସହ ମିଶାଇ ପ୍ରତିଦିନ ସେବନ କଲେ ସ୍ତ୍ରୀ ମାନଙ୍କର ପ୍ରସବ ଠିକ ସମୟରେ ହୋଇଥାଏ ।

ସଂ ଗଚ୍ଛଧ୍ୱଂ ସଂ ବଦଧ୍ୱଂ ସଂ ବୋ ମନାଂସି ଜାନତାମ୍ ।
ଦେବା ଭାଗଂ ଯଥା ପୂର୍ବେ ସଂଜାନାନା ଉପାସତେ ।।
ସମାନୋ ମନ୍ତ୍ରଃ ସମିତିଃ ସମାନୀ ସମାନମ୍ ମନଃ ସହ ଚିତ୍ତମେଷାମ୍ ।
ସମାନଂ ମନ୍ତ୍ରମଭି ମନ୍ତ୍ରୟେ ବଃ ସମାନେନ ବୋ ହବିଷା ଜୁହୋମି ।।
ସମାନୀ ବ ଆକୂତିଃ ସମାନା ହୃଦୟାନି ବଃ ।
ସମାନମସ୍ତୁ ବୋ ମନୋ ଯଥା ବଃ ସୁସହାସତି ...
ଋଗ୍ ବେଦ ୧୦/୧୯୧-୨-୪

ପର୍ଯ୍ୟବେକ୍ଷକ ସମ୍ପାଦକୀୟ

ଭୁବନେଶ୍ୱର, ୨୦୨୪, ମାର୍ଚ୍ଚ ୨୩

# ପିଲାଙ୍କ ପାଇଁ ହୋଲି



ପ୍ରଫେସର ଡାକ୍ତର ଜ୍ୟୋତିରଞ୍ଜନ ଚମ୍ପତିରାୟ

ଫଗୁଣର ମହକକୁ ସଜେଇ ସାଜି ଫଗୁ ଫଗୁଣର ହୋଲି । ତେବେ ମହାପ୍ରଭୁ ଶ୍ରୀକୃଷ୍ଣଙ୍କ ଅଭିର ଆନନ୍ଦ ଠାରୁ ରଙ୍ଗ ପିଚକାରୀ ଖେଳର ହୋଲି ପର୍ଯ୍ୟନ୍ତ ପିଲାଙ୍କ ପାଇଁ ସବୁଠାରୁ ବଡ଼ ସ୍ୱାସ୍ଥ୍ୟ ସତର୍କତା ରହିଛି । ପ୍ରାୟତଃ ଗ୍ରୀଷ୍ମ ଛୁଟି ସମୟ ହୋଇଥିବାରୁ ପିଲାମାନେ ଏହି ଫଗୁଣର ଆନନ୍ଦରେ ହଜାଇବାକୁ ଚାହାଁନ୍ତି । ତେବେ ପିଲାମାନଙ୍କ ପାଇଁ ସତର୍କତାର ଅଭାବ ରହିଲେ ଏହା ସେମାନଙ୍କ ପାଇଁ ହୁଏତ କଷ୍ଟର କାରଣ ବି ହୋଇପାରେ । ପ୍ରାୟତଃ ଦେଖାଯାଇଥାଏ ପିଲାମାନେ ହୋଲିରେ ବେଶ୍ ଖୁସି ମଜାସ୍ ଭିତରେ ସମୟକୁ କଟାଇବାକୁ ଚାହିଁଥାନ୍ତି । ଏହା ଭିତରେ ସେମାନେ ରଙ୍ଗର ତାତ୍ପର୍ଯ୍ୟତା ଓ ବୈଜ୍ଞାନିକ କାରଣ ଏହା ସହ ତତ୍‌ଜନିତ କୁପ୍ରଭାବ ସମ୍ପର୍କରେ ଚିନ୍ତା କରିବାର ସୁଯୋଗ ସମ୍ଭବତଃ ପାଇନଥାନ୍ତି । ପିଲାମାନେ ସ୍ୱାଭାବିକ ଭାବେ ଖେଳକୁଦ କରି ସମୟକୁ ବେଶ୍ ହସଖୁସି ସହ କଟାଇବାକୁ ଚାହୁଁଥିଲେ ବି ସାମାନ୍ୟ ସତର୍କତାର ଅଭାବ ରହିଲେ ଏହା ପିଲାମାନଙ୍କ ପାଇଁ କଷ୍ଟ ଓ ଯନ୍ତ୍ରଣାର ଅବସର ସୃଷ୍ଟି କରିଥାଏ ।

ବର୍ତ୍ତମାନ ବଜାରରେ ଯେଉଁ ପ୍ରକାର ରଙ୍ଗ ବିକ୍ରୀ ହେଉଛି ତାହା କୋମଳମତି ପିଲାଙ୍କ ସ୍ୱାସ୍ଥ୍ୟ ପାଇଁ ଯଥେଷ୍ଟ କି ନୁହେଁ ଏହା ହିଁ ସବୁଠାରୁ ବଡ଼ ପ୍ରଶ୍ନ । କାରଣ ରଙ୍ଗ ବେପାରୀମାନେ ବୁଝି ନଥାନ୍ତି ଯେ ଏହା ପିଲାଙ୍କ ପାଇଁ ସ୍ୱାସ୍ଥ୍ୟଗତ ଦୃଷ୍ଟିରୁ ଠିକ୍ ବା ଭୁଲ ? ଅଧିକାଂଶ କ୍ଷେତ୍ରରେ ଦେଖାଯାଇଥାଏ ପିଲାମାନେ ସର୍ବପ୍ରଥମେ ଚର୍ମ ସମସ୍ୟା ଠାରୁ ଆଖି ସମସ୍ୟା ଏପରିକି ଭେଷଜ ସମସ୍ୟା ଠାରୁ ଶିଶୁରୋଗ ବିଭାଗର ବିଭିନ୍ନ ସମସ୍ୟାକୁ ସମ୍ମୁଖୀନ ହୋଇଥାନ୍ତି । ପ୍ରଥମତଃ ପିଲାମାନେ ଆନନ୍ଦ ସହକାରେ ହୋଲିରେ ନିଜକୁ ହସଖୁସିର ସହିତ ପରିବାର କେହିବି ହୁଅନ୍ତୁ ବା ସାଙ୍ଗସାଥୀ ଖୁସିରେ କଟାଇବାକୁ ଚାହାଁନ୍ତି କିନ୍ତୁ ବର୍ତ୍ତମାନ କେତେକ କ୍ଷେତ୍ରରେ ରଙ୍ଗ ବ୍ୟବସାୟୀମାନେ କୁପ୍ରଭାବ ରହୁଥିବା ରଙ୍ଗ ସମ୍ମିଶ୍ରଣକୁ ମିଶାଉଥିବାରୁ ଏହା ପରବର୍ତ୍ତୀ ସମୟରେ ପିଲାଙ୍କ ପାଇଁ ଯନ୍ତ୍ରଣାର କାରଣ ହୋଇଥିଲେବି ସେମାନେ କିନ୍ତୁ ବ୍ୟବସାୟିକ ଦୃଷ୍ଟିକୋଣରୁ ଚିନ୍ତା କରିନଥାନ୍ତି । କିନ୍ତୁ ବଡ଼ ଖୁସିର କଥା ସରକାର ହୋଲି ସମୟରେ ପିଲାମାନଙ୍କ ସ୍ୱାସ୍ଥ୍ୟ ଖବରକୁ ସବୁଠାରୁ ଗୁରୁତ୍ୱପୂର୍ଣ୍ଣ ଚିନ୍ତା କରି ରାଜ୍ୟର ବଡ଼ ମେଡ଼ିକାଲ ହେଉ ବା ଶିଶୁଭବନ, ଜିଲ୍ଲା ହସ୍‌ପିଟାଲ ହେଉ ବା ଗୋଷ୍ଠୀ ସ୍ୱାସ୍ଥ୍ୟ କେନ୍ଦ୍ର ବା ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ସବୁଠାରେ ପିଲାମାନଙ୍କ ସ୍ୱାସ୍ଥ୍ୟକୁ ସର୍ବାଧିକ ଗୁରୁତ୍ୱ ଦେଇ ଚିକିତ୍ସା ବା ପରାମର୍ଶକୁ ଗୁରୁତ୍ୱ ଦେଇଥାନ୍ତି । ପିଲାମାନେ ସ୍ୱାଭାବିକ ଭାବରେ ଖେଳ ଓ ଆନନ୍ଦ ପ୍ରିୟ ହୋଇଥିବାରୁ ସେମାନେ ପରବର୍ତ୍ତୀ ତତ୍‌ଜନିତ ପାର୍ଶ୍ୱପ୍ରତିକ୍ରିୟାକୁ ଚିନ୍ତା କରିନଥାନ୍ତି ଯାହାକି ସବୁଠାରୁ ବଡ଼ ସମସ୍ୟାର କାରଣ ହୋଇଥାଏ । ଅଭିରର ରଙ୍ଗ ଗୁଣ୍ଡ କେତେକ କ୍ଷେତ୍ରରେ ଖରାପ ହୋଇପାରିନଥାଏ ସତ କିନ୍ତୁ ବର୍ତ୍ତମାନ ବଜାରରେ ବିକ୍ରୀ ହେଉଥିବା ରାସାୟନିକ ରଙ୍ଗଯୁକ୍ତ ଅଭିର ହେଉ ବା ହୋଲି ପିଚ୍‌କାରୀର ରଙ୍ଗ ଏହା ନିଶ୍ଚିତ ଭାବେ ପିଲାମାନଙ୍କ ବିଶେଷ କରି ଚର୍ମ କ୍ଷେତ୍ରରେ ବଡ଼ ସମସ୍ୟା ସୃଷ୍ଟି କରିଥାଏ । ଦ୍ୱିତୀୟତଃ ପିଲାମାନେ ବେଳେ ବେଳେ ରଙ୍ଗ ବୋଳିକା କ୍ଷେତ୍ରରେ ଚକ୍ଷୁକୁ ଗୁରୁତ୍ୱ ଦେଉନଥିବାରୁ ଏହା ସବୁଠାରୁ ମୂଲ୍ୟବାନ ଚକ୍ଷୁକୁ ହିଁ ପ୍ରଭାବିତ କରିବାର ସମ୍ଭାବନାକୁ ସୃଷ୍ଟି କରିପାରେ ଯାହାକି ପରବର୍ତ୍ତୀ ସମୟରେ କୋମଳମତି ପିଲାଙ୍କ ପାଇଁ ଯନ୍ତ୍ରଣାର କାରଣ ହୋଇଥାଏ ।

ହୋଲି ସମୟରେ ଆଜିକାଲି କିଛି ମୃଦୁ ପାନୀୟ ବଜାରରେ ବିକ୍ରି ହେଉଛି । ଏଥିରେ ଯାହା ଉପାଦାନ ସବୁ ରହୁଛି ବିଶେଷକରି ହୋଲି ସମୟରେ ଏହା ବିଭିନ୍ନ ରଙ୍ଗର ରହୁଥିବାରୁ ଏହା ସେମାନଙ୍କ ପେଟ ସମସ୍ୟା ସୃଷ୍ଟି କରିବାର ଆଶଙ୍କା ରହୁଛି । ସେହିପରି କିଛି ପିଲା ହୋଲି ଖେଳି ସାରିବା ପରେ ନଦୀ ବା ଡ୍ୟାମ, ଜଳାଶୟକୁ ସ୍ନାନ କରିବା ପାଇଁ ଯାଇଥାନ୍ତି । ଗାଧୋଇବା ସମୟରେ ସତର୍କତା ଜରୁରୀ । ସବୁଠାରୁ ଭଲ ନିଜ ଘରେ ଗାଧୋଇ ପଡ଼ିବା । ମଜାମଜଲିସରେ ଗାଧୋଇବା ବେଳେ ସମୟ ସମୟରେ ଏହା ବିପଦଜନକ ସାବ୍ୟସ୍ତ ହୋଇଛି । ଆଜିକାଲି ଏକ ପ୍ରକାର ଚକଲୋଟରେ ରଙ୍ଗ ବୋଳା ହୋଇ ବିଭିନ୍ନ ରଙ୍ଗର ପାଟିରୁ ଫେଣ ପରି ଲାଳ ବାହାର କରୁଥିବା ଚକୋଲେଟ ବିଶେଷକରି ଏହି ହୋଲି ସମୟରେ ବିକ୍ରି ହୁଏ ଏଗୁଡ଼ିକ ପିଲାମାନଙ୍କର ଦାନ୍ତ ଖରାପ କରିବା ସହ ପାଟିର ଭିତର ଅଂଶ ଓ ବେଳେ ବେଳେ ପେଟ ପାଇଁ ସମସ୍ୟା ଜନକ ହୋଇଥାଏ । ମୁଣ୍ଡଫଟା ରଙ୍ଗ ନାମକ ଚର୍ମ ପାଇଁ ଅତ୍ୟନ୍ତ ସମ୍ବେଦନଶୀଳ ରଙ୍ଗ ମୁଣ୍ଡର ଚୁଟିରେ ପକାନ୍ତୁ ନାହିଁ । କାରଣ ଏହା କେଶ ସମସ୍ୟା ସହ ଚର୍ମ ସମସ୍ୟା ମଧ୍ୟ ସୃଷ୍ଟି କରିପାରେ । ସେହିପରି ରଙ୍ଗ ବା ଅଭିର ଫୋପାଡ଼ିବା ବେଳେ ଏହା ଯେପରି ଆଖିରେ ନପଡ଼େ ସେ ଦିଗକୁ ଦେଖିବା ବାଞ୍ଛନୀୟ । ଗାଧୋଇବା ସମୟରେ ମୁଣ୍ଡରୁ ରଙ୍ଗ ନିର୍ଗତ ପାଣି ଯେପରି କାନ ଭିତରକୁ ନଯାଏ ସେ ଦିଗ ପ୍ରତି ଦୃଷ୍ଟି ଦିଅନ୍ତୁ ।

ସବୁଠାରୁ ବଡ଼ ଖୁସିର କଥା ବିଶେଷକରି ହୋଲି ସମୟରେ ସରକାରଙ୍କ ସ୍ୱାସ୍ଥ୍ୟ ବିଭାଗ ସ୍ୱତନ୍ତ୍ର ଭାବରେ ତତ୍ପରତା ପ୍ରକାଶ ପାଇଥାଏ । ଏହାର ଯଥେଷ୍ଟ ପୂର୍ବରୁ ଗଣମାଧ୍ୟମରେ ପିଲାମାନଙ୍କ ସ୍ୱାସ୍ଥ୍ୟ ସମ୍ପର୍କତା ସମ୍ବନ୍ଧରେ ବିଭିନ୍ନ ସଚେତନଧର୍ମୀ, ବିଜ୍ଞାପନ ଓ ଲେଖା ପ୍ରକାଶ ପାଇଥାଏ । ପିଲାମାନଙ୍କ ପାଇଁ ହୋଲି ଓ ରଙ୍ଗର ମହାପାର୍ବଣ ବେଶ୍ ହସଖୁସିରେ ବିତୁ ଏହା ସମସ୍ତେ ଚାହିଁଥାନ୍ତି କିନ୍ତୁ ସାମାନ୍ୟ ଅସତର୍କତା ରହିଲେ ଏହା ପରବର୍ତ୍ତୀ ସମୟରେ ସେମାନଙ୍କ ପାଇଁ କଷ୍ଟର ସମସ୍ୟାକୁ ନେଇ ଏକ ବିରାଟ ବଡ଼ ପାହାଡ଼ ସୃଷ୍ଟି କରିଥାଏ । ଏହି ସମୟରେ ପ୍ରାୟତଃ ବିଦ୍ୟାଳୟ ଓ ଶିକ୍ଷାୟତନ ଛୁଟି ନେଉଥିବାରୁ ପିଲାମାନେ ଛୁଟି ଅବସର ପାଇ ରଙ୍ଗ ଓ ଫଗୁଣର ମହୋତ୍ସବକୁ ବେଶ୍ ହସଖୁସିର ସହିତ ପାଳନ କରୁଥିଲେ ବି ସେମାନଙ୍କର ସାମାନ୍ୟ ସତର୍କତାର ଅଭାବ ପରବର୍ତ୍ତୀ ସମୟରେ ଅତ୍ୟନ୍ତ କଷ୍ଟକର ମୁହୂର୍ତ୍ତ ସୁଯୋଗକୁ ନେଇ ସୃଷ୍ଟି କରିଥାଏ । ସମ୍ପ୍ରତି ସରକାର ସବୁଠାରୁ କ୍ଷୁଦ୍ରତମ କୁହାଯାଉଥିବା ପ୍ରାଥମିକ ସ୍ୱାସ୍ଥ୍ୟ କେନ୍ଦ୍ର ହେଉ ବା ଗୋଷ୍ଠୀସ୍ତରୀୟ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର, ଜିଲ୍ଲାସ୍ତରୀୟ ଡାକ୍ତରଖାନା ହେଉ ବା ସବୁଠାରୁ ଶିଶୁରୋଗ ବିଭାଗ ପାଇଁ ସର୍ବାଧିକ ସ୍ୱାସ୍ଥ୍ୟ ସେବା ଗୁରୁତ୍ୱକୁ ପ୍ରାଥମିକତା ଦିଆଯାଉଥିବା କଟକର ଶିଶୁଭବନ, ହୋଇପାରେ ସବୁଠାରୁ ବଡ଼ ହସ୍‌ପିଟାଲ । ରାଜ୍ୟ ସରକାର ଏହି ନିଷ୍ପାପ କୋମଳମତି ଶିଶୁଙ୍କ ପାଇଁ ଗୁରୁତ୍ୱପୂର୍ଣ୍ଣ କ୍ଷେତ୍ର ଭାବେ ଚିନ୍ତା କରି ସେମାନଙ୍କ ଚିକିତ୍ସା ଓ ପରାମର୍ଶକୁ ଅଧିକ ଗୁରୁତ୍ୱ ଦେଇ ଚିକିତ୍ସା ସେବାକୁ ତ୍ୱରାନ୍ୱିତ କରିଥାନ୍ତି । ଏହାକୁ ଚିନ୍ତା କରି ପ୍ରାୟତଃ ଶିଶୁରୋଗୀମାନେ ସରକାର ବ୍ୟବସ୍ଥିତ ସ୍ୱାସ୍ଥ୍ୟସେବା ବ୍ୟବସ୍ଥାକୁ ଆପଣାଇଲେ ନିଶ୍ଚିନ୍ତ ଭାବେ ପିଲାମାନେ ବେଶ୍ ହସଖୁସିର ସହିତ ହୋଲିକୁ ପାଳିପାରିବେ ଏଥିରେ ଦ୍ୱିରୋକ୍ତି ନାହିଁ ।

*ପ୍ରଫେସର ଓ ବିଭାଗୀୟ ମୁଖ୍ୟ,*
*ଶିଶୁରୋଗ ବିଭାଗ,*
*ଫକୀରମୋହନ ମେଡ଼ିକାଲ କଲେଜ, ବାଲେଶ୍ୱର,*
*ଦୂରଭାଷ : ୯୪୩୭୧୨୪୦୭୪*

# ଆରଏସ୍‌ଏସ୍ ପାଇଁ ୨୦୨୪ ନିର୍ବାଚନ ଅଧିକ ଗୁରୁତ୍ୱପୂର୍ଣ୍ଣ



ଗୋପାଳ ମହାପାତ୍ର

ଦେଶରେ ଏବେ ନିର୍ବାଚନ ପାଇଁ ପ୍ରସ୍ତୁତି ଆରମ୍ଭ ହୋଇଯାଇଛି । ନିର୍ବାଚନ କମିଶନଙ୍କ ପକ୍ଷରୁ ଏ ନେଇ ବିଧିବଦ୍ଧ ଘୋଷଣା କରାଯାଇଛି । ଦେଶରେ ୭ଟି ପର୍ଯ୍ୟାୟରେ ନିର୍ବାଚନ ହେବ ଓ ୯୭ କୋଟି ଭୋଟର ଭୋଟ ଦାନ କରିବେ । ନିର୍ବାଚନ ତାରିଖ ଘୋଷଣା ପୂର୍ବରୁ କିନ୍ତୁ ବିଜେପି ଓ ତାର ମାତୃସଂସ୍ଥା ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ ପକ୍ଷରୁ ପ୍ରସ୍ତୁତି ପର୍ବ ଆରମ୍ଭ ହୋଇଛି । ପୂର୍ବରୁ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସ୍‌ଏସ୍) କେବେ ସାର୍ବଜନୀକ ଭାବେ ନିର୍ବାଚନ ବାବଦରେ କିଛି କହୁନଥିଲା ଯଦିଓ ପ୍ରକାରାନ୍ତରେ ପୂର୍ବର ଜନସଂଘ ଓ ବର୍ତ୍ତମାନର ବିଜେପିକୁ ପରାମର୍ଶ ଦେଉଥିଲା ଓ ସହଯୋଗ କରୁଥିଲା । କିନ୍ତୁ ୨୦୨୪ର ଏହି ନିର୍ବାଚନ ଅବସରରେ ଆରଏସ୍‌ଏସ୍ ତାର ସ୍ୱୟଂସେବକମାନଙ୍କୁ ନିର୍ବାଚନରେ ସତ ପ୍ରତିଶତ ମତଦାନ ସମ୍ଭବ କରାଇବାର ଦାୟିତ୍ୱ ଦେଇଛି । ପୂର୍ବରୁ ଆରଏସ୍‌ଏସ୍ ନିର୍ବାଚନୀ ଭାଗୀଦାରୀରୁ ନିଜକୁ ଅଲଗା ରଖିଥିଲା କିନ୍ତୁ ମାର୍ଚ୍ଚ ୧୫ ତାରିଖ ଠାରୁ ୧୭ ତାରିଖ ପର୍ଯ୍ୟନ୍ତ ନାଗପୁରର ସ୍ମୃତି ଭବନ ଠାରେ ୬ ବର୍ଷ ପରେ ଆୟୋଜିତ ଅଖିଳ ଭାରତୀୟ ପ୍ରତିନିଧି ସଭାର ବୈଠକରେ ନିର୍ବାଚନରେ ଭାଗୀଦାରୀ ହେବା କଥା ସ୍ପଷ୍ଟ କରିଦେଇଛି । ମୁମ୍ବାଇରୁ ପ୍ରକାଶିତ ଏକ ନୈନିକ ହିନ୍ଦୀ ଖବର କାଗଜରେ ପ୍ରକାଶିତ ହୋଇଥିବା ଏକ ସମ୍ବାଦରେ ଏ ପ୍ରସଙ୍ଗରେ ବିସ୍ତୃତ ତଥ୍ୟ ପକାଶ ପାଇଛି । ତଥ୍ୟ ଅନୁସାରେ ବୈଠକରେ ସାରା ଦେଶରୁ ୧୫୦୦ରୁ ଅଧିକ ପ୍ରତିନିଧି ଯୋଗ ଦେଇଥିଲେ । ଏହି ବୈଠକରେ ଆରଏସ୍‌ଏସ୍ ର ସରକାର୍ଯ୍ୟବାହ (ମହାସଚିବ) ଭାବେ ଦତ୍ତାତ୍ରେୟ ହୋସବାଲେଙ୍କୁ ୩ ବର୍ଷ ପାଇଁ ନିର୍ବାଚିତ କରାଯାଇଥିଲା । ମହାସଚିବ ଭାବେ ନିର୍ବାଚିତ ହେବା ପରେ ହୋସବାଲେ କହିଥିଲେ ଯେ 'ନିର୍ବାଚନୀ ବଣ୍ଡ' ଏକ ପ୍ରୟୋଗ ଥିଲା ଏବଂ ଭବିଷ୍ୟତ କହିବ ଏହି ପ୍ରୟୋଗ ଠିକ ଥିଲା ନା ଭୁଲ । ଆରଏସ୍‌ଏସ୍ ଏବେ ନିର୍ବାଚନରେ ଭାଗୀଦାର ହେବା ସହ କାହିଁକି ୨୦୨୪ର ଲୋକସଭା ନିର୍ବାଚନ ତାଙ୍କ ପାଇଁ ଅଧିକ ଗୁରୁତ୍ୱପୂର୍ଣ୍ଣସେକଥା ମଧ୍ୟ ସ୍ପଷ୍ଟ କରିଦେଇଛି । ମୁଖ୍ୟ କଥା ହେଉଛି କଂଗ୍ରେସ ସମେତ ଅନ୍ୟ କେତେକ ଦଳର ମେଣ୍ଟ 'ଇଣ୍ଡିଆ' ର କେତେକ ନେତା ସ୍ପଷ୍ଟ ଭାବେ କହିଛନ୍ତି ଯେ ଯଦି ଇଣ୍ଡିଆ ମେଣ୍ଟ ସରକାର ଗଠନ କରେ ତେବେ ଦେଶରେ ଜାତିଗତ ଜନଗଣନା କରାଯିବ । ରାହୁଲ ଗାନ୍ଧୀ ମଧ୍ୟ ପ୍ରକାରାନ୍ତରେ ଏକଥା କହିଛନ୍ତି । ଆରଏସ୍‌ଏସ୍ ଏ କଥାକୁ ଗୁରୁତର ଭାବେ ଗ୍ରହଣ କରିଛି । ଆରଏସ୍‌ଏସ୍ ଚାହୁଁନି ଯେ ସ୍ୱାଧୀନତାର ଏଇ ଅମୃତକାଳରେ ବିରୋଧୀ (ଇଣ୍ଡିଆ ମେଣ୍ଟ) ନିର୍ବାଚନରେ ଜିଣୁଏବଂ ଜାତିଗତ ଜନଗଣନା କରୁ । ଏଣୁ ଆରଏସ୍‌ଏସ୍ ଚାହୁଁଛି ୨୦୨୪ ଲୋକସଭା ନିର୍ବାଚନରେ ବିଜେପି ୪୦୦ରୁ ଅଧିକ ଆସନରେ ଜିତୁ । ଯଦି ବିଜେପି ୪୦୦ରୁ ଅଧିକ ଆସନରେ ଜିଣିବ ଏବଂ ସରକାର ଗଠନ କରିବ ତେବେ ଆରଏସ୍‌ଏସ୍ ର ଅନେକ ଘୋଷିତ ଏବଂ ଅଘୋଷିତଏଜେଣ୍ଡା ମଧ୍ୟ କାର୍ଯ୍ୟକାରୀ ହୋଇପାରିବ । ଦ୍ୱିତୀୟ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି ୧୯୨୫ ମସିହା ସେପ୍ଟେମ୍ବର ୨୭ ତାରିଖରେ ଡାକ୍ତର କେଶବ ବଳିରାମହେଡଗେବାରଆରଏସ୍‌ଏସ୍ ର ସ୍ଥାପନା କରିଥିଲେ । ଏଣୁ ଆସନ୍ତା ବର୍ଷ ଆରଏସ୍‌ଏସ୍ ୧୦୦ ବର୍ଷରେ ପଦାର୍ପଣ କରିବ ଓ ଶତାବ୍ଦୀ ବର୍ଷ ପାଳନ କରିବ । ଆରଏସ୍‌ଏସ୍ ଚାହୁଁ ନାହିଁ ଯେ ଶତାବ୍ଦୀ ବର୍ଷରେ କେନ୍ଦ୍ରରେ ଅନ୍ୟ କୌଣସି ଦଳର ସରକାର ଆସୁ । ବିଜେପି ଆସିଲେ ଶତାବ୍ଦୀ ବର୍ଷ ପାଳନ ପାଇଁ ସେମାନେ ମନପସନ୍ଦର ଆୟୋଜନ କରିପାରିବେ । ଆରଏସ୍‌ଏସ୍ ମଧ୍ୟ ଆଗାମୀ କିଛି ଦଶନ୍ଧି ପାଇଁ ଦେଶର ଏଜେଣ୍ଡା ସ୍ଥିର କରିପାରିବ । ଏଭଳି ଅନେକ କାରଣ ପାଇଁ ଆରଏସ୍‌ଏସ୍ ତାର ସ୍ୱୟଂ ସେବକମାନଙ୍କୁ ସାର୍ବଜନୀକ ଭାବେ ସ୍ପଷ୍ଟ ଆଦେଶ ଦେଇଛି ନିର୍ବାଚନରେ ସତ ପ୍ରତିଶତ ଭୋଟ କିପରି ବିଜେପିକୁ ମିଳିବ ସେ ଦିଗରେ ପ୍ରଚେଷ୍ଟା କରିବା ପାଇଁ । ବୋଧ ହୁଏ ଆରଏସ୍‌ଏସ୍ ର ଏଭଳି କଥା ଆକ୍ରମକତା ପୂର୍ଣ୍ଣ । ୧୯୨୫ ମସିହାର ବିଜୟ ଦଶମୀ ଦିନ ଯେଉଁ ଆରଏସ୍‌ଏସ୍ ର ସ୍ଥାପନା ହୋଇଥିଲା ତାର ଲକ୍ଷ ଥିଲା ୧୦୦ ବର୍ଷ ମଧ୍ୟରେ ଦେଶରେ ୧ ଲକ୍ଷ ଶାଖା ଖୋଲିବା । ଏବେ ମଧ୍ୟ ଦେଶରେ ୧ ଲକ୍ଷ ଶାଖା ଖୋଲାଯାଇପାରିନାହିଁ । କିନ୍ତୁ ୨୦୨୫ ସେପ୍ଟେମ୍ବର ୨୫ ତାରିଖ ଭିତରେ ଏହି ଲକ୍ଷ ପୂରଣ ହୋଇପାରେ । ଏହା ସମ୍ଭବ ହୋଇପାରିବ । ଯଦି କେନ୍ଦ୍ରରେ ଓ ରାଜ୍ୟରେ ବିଜେପି ସରକାର ରହିବ ଏଥି ପୂର୍ବରୁ ଆରଏସ୍‌ଏସ୍ ନିର୍ବାଚନ ସମ୍ବନ୍ଧିତ ଅଥବା ଦେଶର ରାଜନୀତିର ମୁଖ୍ୟଧାରା ପ୍ରସଙ୍ଗରେ କୌଣସି ପ୍ରଶ୍ନର ଉତ୍ତର ଦେଉନଥିଲା । କିନ୍ତୁ ଏଥର ବ୍ୟତିକ୍ରମ ଘଟିଛି । ମାର୍ଚ୍ଚ ୧୫ରୁ ୧୭ ତାରିଖ ପର୍ଯ୍ୟନ୍ତ ଚାଲିଥିବା ଅଖିଳ ଭାରତୀୟ ପ୍ରତିନିଧି ସଭାର ବୈଠକ ପରେ ସରକାର୍ଯ୍ୟବାହ ଭାବେ ନିର୍ବାଚିତ ହୋଇଥିବା ଦତ୍ତାତ୍ରେୟ ହୋସବାଲେ ଗଣମାଧ୍ୟମ ପ୍ରତିନିଧିମାନଙ୍କ ପ୍ରଶ୍ନର ସିଧାସଳଖ ଉତ୍ତର ଦେଇଥିଲେ । ଗଣମାଧ୍ୟମ ପକ୍ଷରୁ ପ୍ରଶ୍ନ କରାଯାଇଥିଲା ଯେ " କ'ଣ ନିର୍ବାଚନୀ ବଣ୍ଡରେଭ୍ରଷ୍ଟାଚାର ହୋଇନାହିଁ ?ହୋସବାଲେଙ୍କ ଉତ୍ତର ଥିଲା ଅନେକ ବିଚାର ବିମର୍ଶ ପରେ ଏହାକୁ କାର୍ଯ୍ୟକାରୀ କରାଯାଇଥିଲା । ହୋସବାଲେ କହିଥିଲେ ଯେ ଯେତେବେଳେ କୌଣସି ନୂଆକଥା କରାଯାଏ ସେତେବେଳେ ଅନେକ ପ୍ରଶ୍ନ ଉଠିଥାଏ । ଗଣମାଧ୍ୟମ ଯେତେବେଳେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କ ୧୦ ବର୍ଷର ସରକାର ବାବଦରେ ପ୍ରଶ୍ନ କରିଥିଲା ତାର ଉତ୍ତରରେ ହୋସବାଲେ ସମାନ ନାଗରିକ ସଂହିତାକୁ ସ୍ୱାଗତ କରାଯାଉଛି ଓ ସାରା ଦେଶରେ ଏହା ଲାଗୁ କରାଯିବା ଉଚିତ ବୋଲି କହିଥିଲେ । କିନ୍ତୁ ଉତ୍ତରାଧିକାର,ପୋଷ୍ୟସନ୍ତାନ ଗ୍ରହଣ ଓ ବିବାହ ଭଳି କେତେକ ପ୍ରସଙ୍ଗରେ ଅଧିକ ବିଚାର ବିମର୍ଶ କରିବା ଆବଶ୍ୟକ ବୋଲି କହିଥିଲେ । ବିଜେପିର ୧୦ ବର୍ଷର ସରକାରକୁ ଗୁରୁତ୍ୱପୂର୍ଣ୍ଣ ଏବଂ ଉପଲବ୍ଧି ଭରା ସମୟ ବୋଲି କହିଥିଲେ । ହୋସବାଲେ ସିଧାସଳଖ ଭାବେ ଆରଏସ୍‌ଏସ୍ ର ନିର୍ବାଚନରେ ଭାଗୀଦାରୀ ସମ୍ପର୍କରେ ସୂଚନା ମଧ୍ୟ ଦେଇଥିଲେ ।

ରାମଚନ୍ଦ୍ରପୁର
ରଣପୁର
ମୋ-୯୪୩୮୪୮୫୦୯୪

# ସହିଦ ଭଗତ ସିଂଙ୍କ ସ୍ୱପ୍ନର ଭାରତ



ଆଶୁତୋଷ ନାୟକ

ଏ ବର୍ଷ ଆମେ ୭୭ ତମ ସ୍ୱାଧୀନତା ଦିବସ ପାଳନ କରିଛୁ । ଏହା ଆମ ୧୪୦ କୋଟି ଭାରତୀୟ ମାନଙ୍କ ପାଇଁ ଅତ୍ୟନ୍ତ ଗର୍ବ ଓ ଗୌରବର ବିଷୟ । ଦୀର୍ଘ ୨୦୦ ବର୍ଷରୁ ଅଧିକ ବର୍ଷ ପର୍ଯ୍ୟନ୍ତ ଅହଙ୍କାରୀ ନିଷ୍ଠୁର ଇଂରେଜ ମାନେ ଆମ ଦେଶରେ ଆଧିପତ୍ୟ ବିସ୍ତାର କରିଥିଲେ । ସେମାନଙ୍କର ମୁଖ୍ୟ ଲକ୍ଷ୍ୟ ଥିଲା ଆମ ଦେଶର ଏକତା ଓ ଅଖଣ୍ଡତାକୁ କ୍ଷୁର୍ଣ୍ଣ କରିବା । ସେମାନେ ଜାଣି ଶୁଣି ବିଭିନ୍ନ ସମ୍ପ୍ରଦାୟ ଯେପରିକି ହିନ୍ଦୁ, ମୁସଲିମ,ଶିଖ ଓ ଈଶାଇ ମଧ୍ୟରେ ବିବାଦର ସୂତ୍ରପାତ କରାଉଥିଲେ । ସେମାନଙ୍କ ମନ ଭିତରେ ହିଂସା ପ୍ରତିଶୋଧର ବହ୍ନି ପ୍ରଜ୍ୱଳିତ କରାଇବା ଓ ଧର୍ମ ଜାତି ଆଧାରରେ ଆମ ଦେଶକୁ ବିଭାଜିତ କରିବା , ସେମାନଙ୍କର ମୁଖ୍ୟ ଲକ୍ଷ୍ୟ ଥିଲା । ନିଜର ମନ୍ଦ ଉଦ୍ଦେଶ୍ୟ କୁ ଚରିତାର୍ଥ କରିବା ପାଇଁ ଇଂରେଜ ମାନେ ସମସ୍ତ ନୀତି ନିୟମକୁ ଜଳାଞ୍ଜଳି ଦେଇ ନିଜର କଳ,ବଳ ଓ କୌଶଳ ପ୍ରୟୋଗ କରିଥିଲେ । ଅନେକାଂଶରେ ସେମାନେ ନିଜ ଯୋଜନାରେ ସଫଳ ହୋଇଥିଲେ । ସାମାନ୍ୟ କିଛି ଅର୍ଥ ଓ କ୍ଷମତା ଲୋଭରେ କିଛି ବ୍ୟକ୍ତି ବିଶ୍ୱାସଘାତ କରି ଆମ ସ୍ୱାଧୀନତା ପାଇବାର ଆଶାକୁ ଶିଥିଳ କରୁଥିଲେ । ସେହି ଦେଶଦ୍‌ରୋହୀ ମଧ୍ୟରେ ମୀରଜାଫର ,ଜୟଚନ୍ଦ୍ର,ଜୟ ଗୋପାଳ ଭଳି,, କିଛି ବିଶ୍ୱାସଘାତକ ଥିଲେ ଯାହା ନୃଶଂସ ଅଧର୍ମୀ ଆତ୍ମଗର୍ବୀ ଅହଙ୍କାରୀ ଇଂରେଜମାନଙ୍କୁ ଧରି ୨୦୦ ବର୍ଷ ଧରି ଆମ ଦେଶର ଲୋକମାନଙ୍କୁ ଗୁଲାମ ଓ ପରାଧୀନ କରି ରଖିବାରେ ସହାୟ ହୋଇଥିଲା । ସ୍ୱାଧୀନତା ସଂଗ୍ରାମୀଙ୍କର ତ୍ୟାଗ ଓ ବଳିଦାନ ଦ୍ୱାରା ମାତୃଭୂମି ଭାରତ ଅହଙ୍କାରୀ, ଅଧର୍ମୀ, ନିଷ୍ଠୁର ,ହିଂସ୍ର ଓ ଅତ୍ୟାଚାରୀ ଇଂରେଜ ମାନଙ୍କର ଗୁଲାମୀରୁ ମୁକ୍ତ ହୋଇପାରିଛି । ଜାତିର ପିତା ମହାତ୍ମାଗାନ୍ଧୀଙ୍କ ଠାରୁ ଆରମ୍ଭ କରି, ଭଗତ ସିଂ,ଜୟୀ ରାଜଗୁରୁ, ଶୁକଦେବ, ସୁବାଷ ବୋଷ,ତାନ୍ତିଆ ଟୋପେ, ରାଣୀ ଲକ୍ଷ୍ମୀବାୟୀଙ୍କ ଅବଦାନ ଅତୁଳନୀୟ ଯାହାକୁ ଶବ୍ଦରେ ପ୍ରକାଶ କରିବା ଅସମ୍ଭବ । ଇତିହାସର ପୃଷ୍ଠାକୁ ଆମେ ଯଦି ଅବଲୋକନ କରିବା ଦେଖିବା ଅନେକ ବିଦ୍ୱାନ ବ୍ୟକ୍ତି ଏହା ମତ ବ୍ୟକ୍ତ କରିଛନ୍ତି କି 'ଜାତିର ପିତା ମହାତ୍ମା ଗାନ୍ଧୀଙ୍କର ଅହିଂସା ନୀତିକୁ ପାଥେୟ କରି ଆମେ ସ୍ୱାଧୀନତା ହାସଲ କରିଥିଲୁ ଏବଂ ପରାଧୀନ ଶିକୁଳିରୁ ଆମେ ମୁକ୍ତ ହୋଇଥିଲୁ' । 'କେବଳ ଗାନ୍ଧିଜୀଙ୍କର ଅହିଂସା ନୀତି ବଳରେ ଆମେ ସ୍ୱାଧୀନତା ହାସଲ କରିପାରିଥିଲୁ'ଏହା କହିବା ସହିଦ ଭଗତ ସିଂ ଶୁକଦେବ, ରାଜଗୁରୁ, ସୁବାଷ ବୋଷଙ୍କ ଭଳି ସ୍ୱାଧୀନତା ସଂଗ୍ରାମୀଙ୍କର ବଳିଦାନର ଅପମାନ ହେବ । ଜାତିର ପିତା ମହାତ୍ମାଗାନ୍ଧୀ ଙ୍କ ଠାରୁ ଆରମ୍ଭ କରି ସହିଦ ଭଗତ ସିଂ, ପ୍ରଯ୍ୟନ୍ତ ସବୁ ସ୍ୱାଧୀନତା ସଂଗ୍ରାମୀ ମାନଙ୍କ ର ଅପ୍ରାଣ ଉଦ୍ୟମ, ମାତୃଭୂମି ପାଇଁ ନିସ୍ୱାର୍ଥପର ଭଲପାଇବା, ତ୍ୟାଗ, ବଳିଦାନ କୁ ପାଥେୟ କରି ଆମ ଦେଶ ଇଂରେଜ ମାନଙ୍କ ଗୁଲାମୀ ରୁ ମୁକ୍ତ ହୋଇଥିଲା । ଆମ ଦେଶ କୁ ସ୍ୱାଧୀନ କରିବାରେ ଉଭୟ ଚରମପନ୍ଥୀ ଓ ନରମପନ୍ଥୀ ସ୍ୱାଧୀନତା ସଂଗ୍ରାମୀ ମାନଙ୍କ ର ଅବଦାନ ରହିଛି ଏଥିରେ ତିଳେମାତ୍ର ସନ୍ଦେହ ର ଅବକାଶ ନାହିଁ । ଇତିହାସ ର ପୃଷ୍ଠାକୁ ଅବଲୋକନ କଲେ ଯେଉଁ କେତେ ଜଣ ସ୍ୱାଧୀନତା ସଂଗ୍ରାମୀ ମାନଙ୍କ ର ବୀରତ୍ୱ ଓ ସାହସୀକତା ର ଗାଥା ସଦା ସର୍ବଦା ଯୁବ ସମାଜ ପାଇଁ ପ୍ରେରଣାଦାୟୀ ହୋଇ ରହିଛି । ସେମାନଙ୍କ ମଧ୍ୟରେ ସହୀଦ ଭଗତ ସିଂ, ଅନ୍ୟତମ ଭାରତୀୟ ସ୍ୱାଧୀନତା ସଂଗ୍ରାମୀ ଙ୍କ ମଧ୍ୟରୁ ସବୁଠାରୁ ବ୍ୟାପକ ଓ ଦୀର୍ଘସ୍ଥାୟୀ ପ୍ରଭାବ ବିସ୍ତାର କରିଥିବା ଏବଂ ଯୁବ ସମାଜ ପାଇଁ ପ୍ରେରଣା ର ଉର୍ତ୍ସ ଥିଲେ ସହିଦ ଭଗତ ସିଂ । ମାତ୍ର ୨୩ ବର୍ଷ ର ଥିବା ସମୟ ରେ ସେ ନିଜର ଜୀବନ କୁ ଦେଶମାତୃକାର ସେବା ପାଇଁ ଉତ୍ସର୍ଗୀକୃତ କରିଥିଲେ ଏବଂ ହସି ହସି ଫାଶୀ ଖୁଣ୍ଟ ରେ ଝୁଲି ଯାଇଥିଲେ । ମାନବ ସଭ୍ୟତା ଥିବା ପ୍ରଯ୍ୟନ୍ତ ସହୀଦ ଭଗତସିଂ ଙ୍କ ବୀରତ୍ୱ ର ଗାଥା, ତ୍ୟାଗ ଓ ବଳିଦାନ ଇତିହାସ ର ସ୍ୱର୍ଣ୍ଣ ଅକ୍ଷର ରେ ଲିପିବଦ୍ଧ ହୋଇ ହୋଇ ରହିବ । ୨୩ ବର୍ଷ ବୟସ ରେ ଅଧିକାଂଶ ଯୁବକ ନିଜ ଜୀବନ ର ଅର୍ଥ ଓ ଧନ ସମ୍ପତି ଖୋଜିବା ରେ ବ୍ୟସ୍ତ ଥିବା ବେଳେ ଭଗତ ସିଂ ସେହି ବୟସ ବେଳକୁ ବୀରତ୍ୱ, ଦେଶପ୍ରେମ ଓ ବଳିଦାନ ର ସର୍ବୋତ୍ତମ ଉଦାହରଣ ସୃଷ୍ଟି କରି ଅମର ହୋଇ ସାରିଥିଲେ । ସେ ୧୯୦୭ ମସିହା ସେପ୍ଟେମ୍ବର ମାସ ୨୮ ତାରିଖ ରେ ପଞ୍ଜାବ ର ବଙ୍ଗା ଗ୍ରାମରେ ଜନ୍ମଗ୍ରହଣ କରିଥିଲେ । ତୁଳସୀ ଦୁଇ ପତ୍ର ରୁ ବାସିଲା ପରି ତାଙ୍କର ଦେଶପ୍ରେମ ର ନିଦର୍ଶନ ବାଲ୍ୟ କାଳରୁ ପରିଲକ୍ଷିତ ହୋଇଥିଲା । ସେତେବେଳେ ସମସ୍ତେ ଉତ୍ତମ ଶିକ୍ଷା ପାଇଁ ଲାହୋର ର ବ୍ରିଟିଶ ସ୍କୁଲ ରେ ପଢିବା ପାଇଁ ଆଗ୍ରହ ପ୍ରକାଶ କରୁଥିବା ବେଳେ,ଭଗବତ ସିଂ, ବ୍ରିଟିଶ ଶିକ୍ଷା ଅନୁଷ୍ଠାନ ରେ ପଢିବାକୁ ଅନିଚ୍ଛା ପ୍ରକାଶ କରି ଥିଲେ ଏବଂ ଆର୍ଯ୍ୟ ସମାଜ ଦ୍ୱାରା, ପରିଚାଳିତ ସ୍କୁଲ ଓ ପରେ ଲାଲା ଲାଜପତ ରାୟଙ୍କ ଦ୍ୱାରା ସ୍ଥାପିତ ନେସନାଲ କଲେଜ ରେ ଭର୍ତି ହୋଇଥିଲେ । ମାତ୍ର ୧୨ ବର୍ଷର ହୋଇଥିବା ବେଳେ, ସେ ଜାଲିଆନବାଗ ଗଣହତ୍ୟା ର କିଛି ଘଣ୍ଟା ପରେ ଦୀର୍ଘ ୫୦ କିଲମିଟର ର ଯାତ୍ରା ପାଦ ରେ ଚାଲି ଚାଲି ଘଟଣା ସ୍ଥଳେ ପହଂଚି ଥିଲେ । ହଜାର ହଜାର ମୃତ ଦେହର ହୃଦୟ ବିଦାରକ ଦୃଶ୍ୟ ତାଙ୍କୁ ଗଭୀର ଭାବରେ ପ୍ରଭାବିତ କରିଥିଲା । ସେ ଗାନ୍ଧିଜୀ ଙ୍କ ଅସହଯୋଗ ଆନ୍‌ଦୋଳନ ର ଘୋଷଣା ପରେ ଉତ୍ସାହିତ ହୋଇ ଅଂଶ ଗ୍ରହଣ କରିଥିଲେ ।

କିନ୍ତୁ ୧୯୨୨ ର ଚଉରୀ ଚଉରା ଘଟଣା ପରବର୍ତ୍ତୀ, ଗାନ୍ଧିଜୀ ଙ୍କ ନିଷ୍ପତି ତାଙ୍କୁ ନିରାଶ କରିଥିଲା । ୧୯୨୮ ରେ ଇଂରେଜ ମାନଙ୍କ ଲାଠି ମାଡ଼ରେ ଆହତ ହୋଇ ଲାଲା ଲାଜପତ ରାୟ ଙ୍କ ମୃତ୍ୟୁ ଘଟିବା ପରେ , ଭଗତସିଂ ଗାନ୍ଧିଜୀ ଙ୍କର ଅହିଂସାତ୍ମକ ନୀତି ପରିବର୍ତ୍ତ?, ହିଂସାତ୍ମକ ନୀତି ଆପଣେଇବା ଉଚିତ ବୋଲି ମନେକରିଥିଲେ ,ଲାଲା ଲାଜପାତ ରାୟ ଙ୍କ ମୃତ୍ୟୁ ର ପ୍ରତିଶୋଧ ନେବାପାଇଁ , ଶିବରାମ ରାଜଗୁରୁ, ସୁଖଦେବ ଥପର ଓ ଚନ୍ଦ୍ରଶେଖର ଙ୍କ ଶହ ମିଶି ଏକ ବ୍ରିଟିଶ ପୋଲିସ ଙ୍କୁ ଅଧିକାରୀ ଙ୍କୁ ହତ୍ୟା କରିଥିଲେ । ଇଂରେଜ ମାନେ ଯୋଜନା ବଦ୍ଧ ଭାବରେ ଷଡ଼ଯନ୍ତ୍ର କରି ଭଗତ ସିଂ , ସୁଖଦେବ, ରାଜଗୁରୁ ଙ୍କୁ ୨୩ ମାର୍ଚ୍ଚ ୧୯୩୧ ମସିହା ସନ୍ଧ୍ୟା ପ୍ରାୟ ୭:୩୩ଘଣ୍ଟାରେ ଫାଶୀ ଖୁଣ୍ଟରେ ଝୁଲାଇ ଦେଇଥିଲେ । ଫାଶୀ ଖୁଣ୍ଟ ଅଭିମୁଖେ ଯିବାବେଳେ,, ସେମାନଙ୍କ ମୁଖରୁ ଇଂକଲାବ ଜିନ୍ଦାବାଦ ର ନାରା ଗୁଞ୍ଜରିତ ହୋଇଥିଲା ।

ଆମ ଦେଶକୁ ସ୍ୱାଧୀନ ହେବାର ୭୭ ବର୍ଷ ଅତିକ୍ରାନ୍ତ ହୋଇସାରିଛି । ଆମ ଦେଶର ଶିକ୍ଷା, ସ୍ୱାସ୍ଥ୍ୟ, ବାଣିଜ୍ୟ, କଳକାରଖାନା ରାସ୍ତାଘାଟ, ରେଳପଥ ସଡକପଥ, ବିମାନ, ଅତ୍ୟାଧୁନିକ, ଜ୍ଞାନକୌଶଳ ରେ ନିର୍ମିତ କୃଷି ଉପକରଣ, ପ୍ରତିରକ୍ଷା ବିଭାଗରେ ଉନ୍ନତ ଜ୍ଞାନକୌଶଳ ରେ ନିର୍ମିତ କ୍ଷେପଣାସ୍ତ୍ର, ଟ୍ୟାଙ୍କ, ରକେଟ, ଯୁଦ୍ଧ ବିମାନ,ଯେପରିକି ରାଫେଲ ଯାହାକି ଅତି ଉନ୍ନତ ଶକ୍ତିଶାଳୀ ଯୁଦ୍ଧ ବିମାନ, ଫ୍ରାନ୍ସ ରୁ ଆମ ଦେଶ କ୍ରୟ କରିଥିଲା, ଏହାଛଡା ଶକ୍ତିଶାଳୀ ଯୁଦ୍ଧ ବିମାନ କ୍ଷେପଣାସ୍ତ୍ର ଆମେରିକା ଭଳି ରାଷ୍ଟ୍ର ରୁ ଆଣିବା ରେ ସକ୍ଷମ ହୋଇପାରିଛୁ,

ଏହା ଆମ ପ୍ରତିରକ୍ଷା ଓ ସାମରିକ ଶକ୍ତି ବୃଦ୍ଧି କରିବାରେ ସହାୟ ହୋଇଛି । କୌଣସି ଶକ୍ତି ଆମ ଦେଶର ଅଖଣ୍ଡତା ଓ ନିରାପତ୍ତା ପ୍ରତି ବାଧା ସୃଷ୍ଟି କରିଲେ ଆମ ଲଢୁଆ ବୀର ତଥା ଶକ୍ତିଶାଳୀ ସେନା ଏହାକୁ ପ୍ରତିରୋଧ କରିବା ସହିତ ତାର ଉଚିତ୍ ଜବାବ୍ ଦେଉଛି । ଅଗଷ୍ଟ ୨୩, ସନ୍ଧ୍ୟା ୬ ଟା ୪ ମିନିଟ ରେ ଚନ୍ଦ୍ରଯାନ - ୩ ସମ୍ପୂର୍ଣ୍ଣ ଭାବରେ ଚନ୍ଦ୍ର ପୃଷ୍ଠ ଅବତରଣ କରିଛି । ଆମ ଦେବଭୂମି, ପୁଣ୍ୟଭୂମି, ମାତୃଭୂମି ଭାରତ ବିଶ୍ୱ ଇତିହାସ ରେ ଆଉ ଏକ ବିରଳ ଦୃଷ୍ଟାନ୍ତ ପ୍ରଦର୍ଶନ କରିବାକୁ ଏକାକୀ ସକ୍ଷମ ହେଇଛି । ଏହା ୧୪୦ କୋଟି ଭାରତୀୟ ଲୋକ ଙ୍କ ପାଇଁ ନିଶ୍ଚିତ ଭାବରେ ଐତିହାସିକ ମୁହୂର୍ତ୍ତ । ଆମ ଦେଶର ମହାକାଶ ଗବେଷଣା ସଂଗଠନ ଇସ୍‌ରୋ ର (ISRO )ବୈଜ୍ଞାନିକ ମାନେ ରେକର୍ଡ ପରେ ରେକର୍ଡ ସ୍ଥାପନ କରିବାକୁ ଯାଉଛନ୍ତି । ଚନ୍ଦ୍ରଯାନ - - ୩ ସଫଳ ହେବା ପରେ, ଆଦିତ୍ୟ -ଏଲ୧ ମିଶନ (ସୂର୍ଯ୍ୟ ଙ୍କ ଗବେଷଣା କରିବାରେ ), ଗଗନାୟାନ( ଅନ୍ତରୀକ୍ଷ ଉପରେ ଗବେଷଣା) ଏବଂ ଶୁକ୍ରାୟାନ (ଶୁକ୍ର ଗ୍ରହ ଉପରେ ଗବେଷଣା ), ମଙ୍ଗଳାୟାନ (ମଙ୍ଗଳଗ୍ରହ ଉପରେ ଗବେଷଣା) ର ଲକ୍ଷ ନେଇ ଆଗକୁ ଅଗ୍ରସର ହେଉଛନ୍ତି । ନିକଟ ଭବିଷ୍ୟତ ରେ ଇସ୍‌ରୋ ର ବୈଜ୍ଞାନିକ ମାନେ ଏହି ମିଶନ ଗୁଡ଼ିକ ର ସଫଳ ରୂପାୟନ କରିବେ, ଏହା ଜଗତ ର ନାଥ ଜଗନ୍ନାଥ ଙ୍କ ନିକଟରେ ମୋର ବିନମ୍ର ପ୍ରାର୍ଥନା ମାତ୍ର ୬୧୫ କୋଟି ଟଙ୍କା ବ୍ୟୟ ରେ ନିର୍ମିତ ଚନ୍ଦ୍ରୟାନ -୩ ସମଗ୍ର ବିଶ୍ୱ କୁ ଆଚମ୍ବିତ କରିଛି । କିନ୍ତୁ ଅତି ଦୁଃଖ ପରିତାପର ବିଷୟ ଏହିକି ଯେ ମହାନ ଦେଶପ୍ରେମୀ ସହିଦ ଭଗତ ସିଂଙ୍କ ସୁନାର ଭାରତ ସ୍ୱପ୍ନ ଏବେବି ଅଧୁରା ଅଛି । ଏବେବି ସାଧାରଣ ଗରିବ ଓ ମଧ୍ୟବର୍ତ୍ତୀ ବର୍ଗ ନ୍ୟାୟ ପାଇବାରୁ ବଞ୍ଚିତ ହେଉଛନ୍ତି । ପ୍ରତି ମୁହୂର୍ତ୍ତରେ ଖାଦ୍ୟ,ଶିକ୍ଷା,ସ୍ୱାସ୍ଥ୍ୟ ପାଇଁ ସଂଘର୍ଷ କରୁଛନ୍ତି । ତାଙ୍କ ସହିତ ହେଉଥିବା ଅନ୍ୟାୟକୁ ସହ୍ୟ କରିନପାରି,, ଆତ୍ମହତ୍ୟା କରିବା ପାଇଁ ବାଧ ହେଉଛନ୍ତି । ଏଥିପାଇଁ ଆମ ଦେଶର ସରକାରି କଳରେ ଉଦାସୀନତା ଓ ଭ୍ରଷ୍ଟ ବ୍ୟବସ୍ତା ସମ୍ପୂର୍ଣ୍ଣ ଭାବେ ଦାୟୀ । NCRB ର ରିପୋର୍ଟ ଅନୁସାରେ 'ମହିଳାଙ୍କ ପ୍ରତି ହେଉଥିବା ଅତ୍ୟାଚାର ଯେପରି ଧର୍ଷଣ,ଗଣ ଦୁଷ୍କର୍ମ ,ମର୍ଡର, ଶାରୀରିକ ଓ ମାନସିକ ନିର୍ଯାତନା ହାର ୬୪. ୫ %(୧ ଲକ୍ଷ ଜନସଂଖ୍ୟାର ପରିଧି ମଧ୍ୟରେ )। ଏହା ବିଂଶ ଶତାବ୍ଦୀର ସଭ୍ୟ ସମାଜରେ ବିକାଶ ର ପରିପନ୍ଥୀ ! NCRB ୨୦୨୧ ର ଆଉ ଏକ ରିପୋର୍ଟ ଅନୁସାରେ ପ୍ରତିଦିନ ଆମ ଦେଶର ୮୬ ଜଣ ମହିଳା ଧର୍ଷଣର ଶିକାର ହେଉଛନ୍ତି ଏବଂ ୪୯ ଜଣ ମହିଳା ଦୁର୍ବ୍ୟବହାର ସାମ୍ନା କରୁଛନ୍ତି, ପ୍ରତି ଘଣ୍ଟାରେ ଭାରତରେ କୋଣ ଅନୁକୋଣରେ ଏପରି ଘଟୁଛି । ୨୦୨୦ ରେ ଦିଲ୍ଲୀ ନିର୍ଭୟା ଗଣଦୁଷ୍କର୍ମ ,୨୦୧୯ ରେ ହାଇଦ୍ରାବାଦରେ ୨୬ ବର୍ଷିଆ ମହିଳା ପଶୁ ଚିକିତ୍ସିକା ଗଣଧର୍ଷଣ ଓ ୧୯ ବର୍ଷିଆ

ଉତ୍ତର ପ୍ରଦେଶର ହାତ୍ରାସରେ ଜଣେ ମହିଳା ଗଣଧର୍ଷଣ ଭଳି ଅମାନୁଷିକ କାର୍ଯ୍ୟରେ ଶିକାର ହୋଇଥିଲେ । ଏହିପରି ଅନେକ ଘଟଣା ଆମ ଦେଶର ଜନସାଧାରଣଙ୍କୁ ସ୍ତବ୍ଧ କରିଦେଉଛି । ଏହି ସବୁ ଘଟଣା ଅତ୍ୟନ୍ତ ବିଭତ୍ସ ଓ ଲୋମହର୍ଷଣକାରୀ ଅଟେ ।ଆମ ଦେଶରେ ବାରମ୍ବାର ଏହିପରି ଘଟଣର ପୁନରାବୃତ୍ତି ଘଟିବା ବିଡ଼ମ୍ବନାର ବିଷୟ । ଆମ ଦେଶର କ୍ଷମତା ଲୋଭି ରାଜନେତା ଆରୋପ ପ୍ରତ୍ୟାରୋପ କାଦୁଆ ଫିଙ୍ଗା ରାଜନୀତିରେ ବ୍ୟସ୍ତ ।ଧର୍ଷଣ ଗଣଧର୍ଷଣ ମହିଳାଙ୍କ ପ୍ରତି ଅତ୍ୟାଚାର ଦିନକୁ ଦିନ କମିବା ବଦଳ ରେ ବଢିବାରେ ଲାଗିଛି । ନୂତନ ଭାରତ ଶିକ୍ଷିତ ଲୋକେ ଏଥିପ୍ରତି ଉଦାସୀନ ନହୋଇ ସଚେତନ ହେଲେ ଆମ ଦେଶର ସ୍ୱପ୍ନ ପୂରଣ ହେବ ।' ଯତ୍ର ପୂଜ୍ୟତେ ନାରୀ ତତ୍ର ତିଷ୍ଠନ୍ତି ଦେବତା' ।

ଆମ ଦେଶର ପୂର୍ବତନ ଆଇନ ମନ୍ତ୍ରୀ କିରଣ ରିଜୁ ରାଜ୍ୟ ସଭାରେ ଦେଇଥିବା ମନ୍ତବ୍ୟ ଆଧାର ରେ, ବର୍ତ୍ତମାନ ଆମ ଦେଶ ରେ ପାଖା ପାଖି ୫ କୋଟି ରୁ ଅଧିକ ମାମଲା ବିଭିନ୍ନ କୋର୍ଟ ରେ ବିଚାରାଧୀନ ଅଛି । ଭାରତ ର ସର୍ବୋଚ୍ଚ ଆଦାଲତ (supreme court )ରେ ୬୯୦୦୦ ରୁ ଅଧିକ ମାମଲା ଏବେବି ବିଚାରଧୀନ ଅଛି । ଏହା ବ୍ୟତୀତ ଆମ ଦେଶର ୨୫ ଟି ହାଇ କୋର୍ଟ ରେ ୫୯ ଲକ୍ଷ ମାମଲା ଏବେବି ବିଚାରାଧୀନ ଅଛି । ଏହିସବୁ ମାମଲା ର ତୁରନ୍ତ ବିଚାର ପାଇଁ ଆମ ସରକାର ଙ୍କ ପକ୍ଷରୁ କୌଣସି ଆଖି ଦୃଶିଆ ପଦକ୍ଷେପ ଗ୍ରହଣ କରାଯାଇ ନାହିଁ । ଏହା ଅତ୍ୟନ୍ତ ଦୁର୍ଭାଗ୍ୟ ଓ ବିଡ଼ମ୍ବନା ର ବିଷୟ । ଆମ ବ୍ୟବସ୍ଥା ର ତ୍ରୁଟି ପାଇଁ ଲକ୍ଷ ଲକ୍ଷ ଗରିବ ଓ ମଧ୍ୟବିତ୍ତ ସାଧାରଣ ଲୋକ ନ୍ୟାୟ ପାଇବା ରୁ ବଂଚିତ ହେଉଛନ୍ତି । ଦିନକୁ ଦିନ ସାଧାରଣ ଜନ ସାଧାରଣ ଆମ ସରକାର ଓ ନ୍ୟାୟ ବ୍ୟବସ୍ଥା ଉପରୁ ଆସ୍ଥା ହରାଉଛନ୍ତି । ବର୍ତମାନ ଆମ ଦେଶ ର ମଣିପୁର ଘଟଣା କୁ ଯଦି ଆମେ ବିଚାର କୁ ନେବା ସେଠାରେ ୨ ସମୁଦାୟ ହିନ୍ଦୁ ବହୁଳ ମୈତି ଏବଂ ଅଳ୍ପ ସଂଖକ କୁକୀ ମଧ୍ୟରେ ବିବାଦ ଉଗ୍ର ରୂପ ଧାରଣ କରିଛି, ଯାହାକି ୧୮୧ ରୁ ଉର୍ଦ୍ଧ ନିରହ ଜନ ସାଧାରଣ ଙ୍କ ବହୁମୂଲ୍ୟ ଜୀବନ ଚାଲିଯାଇଛି । ଦୁଇ ଜନ ଜାତି ମଧ୍ୟରେ ହିଂସା କାରଣ ରୁ ମଣିପୁର ରେ ଏବେବି ବିଭିନ୍ନ ରିଲିଫ କ୍ୟାମ୍ପ ରେ ୫୪୪୮୮ ରୁ ଉର୍ଦ୍ଧ ଲୋକ ରହୁଛନ୍ତି । ସେମାନଙ୍କ ଦୁର୍ଦ୍ଦଶା ନ କହିବା ଭଲ, ସେମାନେ ପ୍ରତି ମୁହୂର୍ତ୍ତ ରେ, ଭୟଭୀତ ଅବସ୍ଥାରେ ରହୁଛନ୍ତି । ୭ ଜଣ କୁକୀ ଆଦିବାସୀ ସମ୍ପ୍ରଦାୟ ର ମହିଳା ମଣିପୁର ରେ ଧର୍ଷଣ ରେ ଶିକାର ହୋଇଛନ୍ତି । ଦୀର୍ଘ ୭୭ ଦିନ ପରେ ମଣିପୁର ସରକାର ଓ ପୁଲିସ ପ୍ରଶାସନ ର କୁମ୍ଭକର୍ଣ୍ଣ ନିଦ୍ରା ଭଙ୍ଗ ହୋଇଥିଲା ଏବଂ ଧର୍ଷଣ ଘଟାଇଥିବା ମୁଖ୍ୟ ଖଳନାୟକ କୁ ପୁଲିସ ଧରିବା ରେ ସକ୍ଷମ୍ ହୋଇଥିଲା । ବିଭିନ୍ନ ଜାତୀୟ ଗଣ ମାଧ୍ୟମ ରିପୋର୍ଟ ଅନୁସାରେ କିଛି ରାଜନୀତିକ ଦଳ ର ବ୍ୟକ୍ତିବିଶେଷ ମଣିପୁର ର ଏହି ଦୁଇ ଆଦିବାସୀ ଜନଜାତି ମଧ୍ୟରେ ହିଂସା କୁ ଉସୁକେଇବା ରେ ପ୍ରମୁଖ ଭୂମିକା ଗ୍ରହଣ କରିଥିଲେ । ନିଜର ରାଜନୈତିକ ଫାଇଦା ହାସଲ ପାଇଁ ଏହିପରି କୁକର୍ମ କରିବାକୁ କିଛି କ୍ଷମତା ପିପାସୁ ରାଜନେତା ପଛଘୁଞ୍ଚା ଦେଉ ନାହାଁନ୍ତି । ଏହା ସତରେ ଅତ୍ୟନ୍ତ ନିନ୍ଦନୀୟ ଏବଂ ଦୁଃଖଦାୟକ । ବର୍ତ୍ତମାନ ଆମ ଦେଶ ର ରାଜନୀତି ର ସ୍ତର ଧୀରେ ଧୀରେ ଅତି ନିମ୍ନଗାମୀ ହେଉ ଚାଲିଛି । ସାମାନ୍ୟ କିଛି ଟଙ୍କା କ୍ଷମତା ଲୋଭ ରେ, ଆଜିର ରାଜନେତା ଯେ ଯେକୌଣସି ସ୍ତର କୁ ଯାଇ ପାରନ୍ତି,ଏଥିରେ ସନ୍ଦେହ ର ଅବକାଶ ନାହିଁ । ସ୍ୱାଧୀନତା ପୂର୍ବରୁ ଲାଲବାହାଦୂର ଶାସ୍ତ୍ରୀ ଙ୍କ ଭଳି ରାଜନେତା ଏବଂ ବର୍ତମାନ ର ରାଜନେତା ଙ୍କ ମଧ୍ୟରେ ଆକାଶ ପାତାଳ ର ଫରକ ଦୃଶ୍ୟମାନ ହୁଏ । ସ୍ୱାଧୀନତା ପୂର୍ବରୁ ରାଜନେତା ତ୍ୟାଗ ଓ ଦେଶ ପ୍ରେମ ର ଜ୍ୱଳନ୍ତ ଉଦାହରଣ ଥିଲେ, ବର୍ତ୍ତମାନ ର ରାଜନେତା ସାମାନ୍ୟ ଅର୍ଥ ଓ କ୍ଷମତା ହାସଲ କରିବା ପାଇଁ, ଦଙ୍ଗା କୁ ଉସକାଇବା ଓ ନିଜର ରାଜନୀତିଜ୍ଞ ବିରୋଧୀ ଙ୍କୁ ମାରିବାକୁ ମଧ୍ୟ ପଛ ଘୁଞ୍ଚା ଦେଉନାହାନ୍ତି । ମିଛ ପ୍ରତିଶୃତି, ମିଛ ଆଶ୍ୱସନା ଦେଇ ଭୋଟ ହାତେଇବା ରେ ସେମାନେ ସିଦ୍ଧହସ୍ତ । ପରିଶେଷରେ ଆମ ଦେଶର ସମସ୍ତ ରାଜନେତାମାନଙ୍କୁ ମୋର ହାତ ଯୋଡି ବିନମ୍ର ଅନୁରୋଧ ଯେ ନିଜର ରାଜନୈତିକ ମହତ୍ତ୍ୱ କାଙ୍କ୍ଷାଂ ରୁ ଉପରକୁ ଉଠି ମିଳିମିଶି ସମସ୍ତେ ଆମର ଦେଶର ବିକାଶ ଓ ପ୍ରଗତି ପାଇଁ ଯଥାସମ୍ଭବ ଚେଷ୍ଟାକରନ୍ତୁ ଏବଂ ଖାଦ୍ୟ, ଶିକ୍ଷା, ସ୍ୱାସ୍ଥ୍ୟରୁ ବଞ୍ଚିତ ହେଉଥିବା ଅସହାୟ ନୀରିହ ଗରିବ ଓ ମଧ୍ୟବିତ୍ତ ଶ୍ରେଣୀର ଲୋକମାନଙ୍କର କଲ୍ୟାଣ ପାଇଁ ସବୁପ୍ରକାରର ଉଦ୍ୟମ କରନ୍ତୁ । ଯାହାଦ୍ୱାରା ଆମ ଦେଶ ବିକାଶ ପଥରେ ଅଗ୍ରସର ହେବ ଏବଂ ବିଶ୍ୱବାସୀଙ୍କ ଲାଗି ଶ୍ରେଷ୍ଠ ଉଦାହରଣ ସୃଷ୍ଟି କରିବ ନ ହେଲେ ଦେଶପ୍ରେମୀ ସହିଦ ଭଗତ ସିଂ ଭଳି ସ୍ୱାଧୀନତା ସଂଗ୍ରାମୀ ମାନଙ୍କର ତ୍ୟାଗ ଓ ବଳିଦାନ ପ୍ରତି ଏହା ଅପମାନ ହେବ । ସହିଦ ଭଗତ ସିଂହଙ୍କ ସୁନାର ଭାରତର ସ୍ୱପ୍ନ ସେତେବେଳେ ସାକାର ହେବ ଯେତେବେଳେ ସମସ୍ତ ଗରିବ, ସାଧାରଣ ମଧ୍ୟବିତ୍ତ ପରିବାରମାନଙ୍କୁ ନ୍ୟାୟ ମିଳିବ ଏବଂ ସେମାନଙ୍କୁ ଉନ୍ନତମାନର ସ୍ୱାସ୍ଥ୍ୟସେବା, ଉଚ୍ଚକୋଟିର ଶିକ୍ଷା,ଉତ୍ତମ ପୃଷ୍ଟିକର ଖାଦ୍ୟ, କର୍ମନିଯୁକ୍ତି ର ସୁଯୋଗ ସରକାରୀ ଏବଂ ବେସରକାରୀ ପକ୍ରିୟା ରେ ଉଭୟ ରାଜ୍ୟ ସରକାର ଓ କେନ୍ଦ୍ରସରକାର ମିଳିତ ଉଦ୍ୟମରେ କାର୍ଯ୍ୟ କରିବେ । ଏହା ସମସ୍ତ ଙ୍କ ମିଳିତ ସହଯୋଗ ରେ ସମ୍ଭବ ଏଥିରେ ତିଳେମାତ୍ର ସନ୍ଦେହ ର ଅବକାଶ ନାହିଁ ।

ପରିଶେଷରେ ଆମ ଦେଶର ସମସ୍ତ ରାଜନେତାମାନଙ୍କୁ ମୋର ହାତ ଯୋଡି ବିନମ୍ର ଅନୁରୋଧ ଯେ ନିଜର ରାଜନୈତିକ ମହତ୍ତ୍ୱ କାଙ୍କ୍ଷାଂ ରୁ ଉପରକୁ ଉଠି ମିଳିମିଶି ସମସ୍ତେ ଆମର ଦେଶର ବିକାଶ ଓ ପ୍ରଗତି ପାଇଁ ଯଥାସମ୍ଭବ ଚେଷ୍ଟାକରନ୍ତୁ ଏବଂ ଖାଦ୍ୟ, ଶିକ୍ଷା, ସ୍ୱାସ୍ଥ୍ୟରୁ ବଞ୍ଚିତ ହେଉଥିବା ଅସହାୟ ନୀରିହ ଗରିବ ଓ ମଧ୍ୟବିତ୍ତ ଶ୍ରେଣୀର ଲୋକମାନଙ୍କର କଲ୍ୟାଣ ପାଇଁ ସବୁପ୍ରକାରର ଉଦ୍ୟମ କରନ୍ତୁ । ଯାହାଦ୍ୱାରା ଆମ ଦେଶ ବିକାଶ ପଥରେ ଅଗ୍ରସର ହେବ ଏବଂ ବିଶ୍ୱବାସୀଙ୍କ ଲାଗି ଶ୍ରେଷ୍ଠ ଉଦାହରଣ ସୃଷ୍ଟି କରିବ ନ ହେଲେ ଦେଶପ୍ରେମୀ ସହିଦ ଭଗତ ସିଂ ଭଳି ସ୍ୱାଧୀନତା ସଂଗ୍ରାମୀ ମାନଙ୍କର ତ୍ୟାଗ ଓ ବଳିଦାନ ପ୍ରତି ଏହା ଅପମାନ ହେବ । ସହିଦ ଭଗତ ସିଂହଙ୍କ ସୁନାର ଭାରତର ସ୍ୱପ୍ନ ସେତେବେଳେ ସାକାର ହେବ ଯେତେବେଳେ ସମସ୍ତ ଗରିବ, ସାଧାରଣ ମଧ୍ୟବିତ୍ତ ପରିବାରମାନଙ୍କୁ ନ୍ୟାୟ ମିଳିବ ଏବଂ ସେମାନଙ୍କୁ ଉନ୍ନତମାନର ସ୍ୱାସ୍ଥ୍ୟସେବା, ଉଚ୍ଚକୋଟିର ଶିକ୍ଷା,ଉତ୍ତମ ପୃଷ୍ଟିକର ଖାଦ୍ୟ, କର୍ମନିଯୁକ୍ତି ର ସୁଯୋଗ ସରକାରୀ ଏବଂ ବେସରକାରୀ ପକ୍ରିୟା ରେ ଉଭୟ ରାଜ୍ୟ ସରକାର ଓ କେନ୍ଦ୍ରସରକାର ମିଳିତ ଉଦ୍ୟମରେ କାର୍ଯ୍ୟ କରିବେ । ଏହା ସମସ୍ତଙ୍କ ମିଳିତ ସହଯୋଗ ରେ ସମ୍ଭବ ଏଥିରେ ତିଳେମାତ୍ର ସନ୍ଦେହ ର ଅବକାଶ ନାହିଁ ।

*ଗୋପାଳପୁର, ବାଲେଶ୍ୱର*
*ମୋ : ୭୦୨୦୬୧୧୩୦୦*

# କୃଷି ଦୁନିଆ



## ଜିଆଖତ-ଜୈବିକ କୃଷିର ପ୍ରମୁଖ ଦିଗ

**ସୁବ୍ରତ କୁମାର ମହାନ୍ତି**

ଏକବିଂଶ ଶତାବ୍ଦୀରେ ଏ ଯୁଗ ଉପନୀତ । ଯୁଗ ସହ ଯେମିତି ମଣିଷ ବଦଳୁଛି, ସେମିତି ବଦଳୁଛି ଏ ସମାଜ । ବଦଳି ମଧ୍ୟ ଯାଉଛି ଜୀବନ ଧାରଣର ପ୍ରତ୍ୟେକଟି ଧାରା । ଆଉ ଏଥିରୁ କୃଷି ବା ବାଦ୍ ଯିବ କେମିତି । ପ୍ରଥମେ ଜୈବିକ ପ୍ରଣାଳୀ ଅର୍ଥାତ ଜୈବିକ ସାର, ଜୈବିକ ଉପାୟରେ ରୋଗ ପୋକ ଦମନ ଇତ୍ୟାଦି ବ୍ୟବହାର କରୁଥିବା ମଣିଷ, କ୍ରମବର୍ଦ୍ଧିଷ୍ଣୁ ଜନ ସଂଖ୍ୟାକୁ ଆଖି ଆଗରେ ରଖି ଉତ୍କଟ ରସାୟନର ବ୍ୟବହାର କରେ । ଆଉ ବର୍ତ୍ତମାନ ଉକ୍ତ ଉତ୍କଟ ରସାୟନର କୁପ୍ରଭାବରୁ ଜନସମୁଦାୟକୁ ରକ୍ଷା କରିବା ଲକ୍ଷ୍ୟରେ ପୁନଃ ଜୈବିକ ପଦ୍ଧତି ଆଡ଼କୁ ଅଗ୍ରସର ହୁଏ । ଅତଏବ୍ ଜିଆଖତ ଏକ ପ୍ରମୁଖ ଜୈବିକ ଉପାୟ ଯେଉଁଥିରେ ଜୈବ ଅବଶେଷ ବା ବାୟୋୱେଷ୍ଟର ପୁନଃ ସଦବ୍ୟବହାର ହୋଇପାରେ । ଜଣେ ସାଧାରଣ ଚାଷୀ ପାଇଁ ପରିବେଶ ପ୍ରଦୂଷଣ ତଥା ରସାୟନିକ ସାରର ବର୍ଦ୍ଧିତ ମୂଲ୍ୟ କଥା ବିଚାରକୁ ନେଲେ, ଜିଆଖତ ପ୍ରୟୋଗ ଏକ ଉତ୍ତମ ଜୈବିକ ଉପାୟ ଯାହା ଉଭୟ ଗ୍ରାମାଞ୍ଚଳ ଓ ସହରାଞ୍ଚଳରେ କମ୍ ଖର୍ଚ୍ଚ ଜୈବିକ ଅବଶେଷକୁ ପୁନଃ ବ୍ୟବହାର କରିବା ଉପରେ ଗୁରୁତ୍ୱ ଦେଇଥାଏ । ଆମେ ଅନେକ ଯାଗାରେ ପଢ଼ିଛେ କୃଷକର ବନ୍ଧୁ ଜିଆ । ତେଣୁ ଜିଆକୁ ପାଳନ କରି କୃଷିଜାତ ଅବଶେଷକୁ ଖାଇବାକୁ ଦେଇ ଜିଆର ମଳ ବା ପାଚନ ନହୋଇଥିବା ଅବଶିଷ୍ଟାଂଶରୁ ବ୍ୟବହାର କରି ଯେଉଁ ଖତ ପ୍ରସ୍ତୁତ କରାଯାଏ ତାକୁ ଜିଆଖତ ବୋଲି ଆଖ୍ୟା ଦିଆଯାଏ, ଏହି ଜିଆଖତରେ ଆପାତତଃ ଶତକଡ଼ା ୩ ପ୍ରତିଶତ ଯବକ୍ଷାରଯାନ, ୧ ପ୍ରତିଶତ ଫସଫରସ, ୧.୫ ପ୍ରତିଶତ ପଟାସିୟମ ରହିଥାଏ । ତତ୍‌ସହିତ ବିଭିନ୍ନ ଜୀବସାର, ରୋଗପ୍ରତିରୋଧକାରୀ ପଦାର୍ଥ ତଥା ବହୁ ଉପକାରୀ ଜୈବତ୍ୱରକ (ଏନ୍‌ଜାଇମ) ରହିଥାଏ ଯାହା କୃଷକ ଅବଶେଷର ଜୈବବିଘଟନରେ ପ୍ରମୁଖ ଭୂମିକା ଗ୍ରହଣ କରିଥାଏ । ଜିଆଖତରେ ପ୍ରୟୋଗ ଫଳରେ ମାଟିର ଉର୍ବରତା ବୃଦ୍ଧିପାଏ ଏବଂ ଯବକ୍ଷାରଜାନ ବିବନ୍ଧନ କରୁଥିବା ବୀଜାଣୁ ଗୁଡ଼ିକ ଉପରେ ଏହା ସୁପ୍ରଭାବ ପକାଇଥାଏ ।

**ପ୍ରସ୍ତୁତି ପ୍ରଣାଳୀ :**

ଜିଆଖତ ପ୍ରସ୍ତୁତିରେ କେତେଗୋଟି ଦିଗପ୍ରତି ଧ୍ୟାନ ଦେବାକୁ ପଡ଼େ ପ୍ରଥମେ ଉତ୍ତମମାନର, ଜିଆଚୟନ କରିବା ଜରୁରୀ ପରିବେଶ, ମୃତ୍ତିକାର ପ୍ରକାର, କୃଷିଜ ଅବଶେଷର ପ୍ରକାର ଇତ୍ୟାଦିକୁ ବିଚାରକୁ ନେଇ ଜିଆର



ବିଭିନ୍ନ ପ୍ରଜାତି ଚୟନ କରିବାକୁ ହୁଏ । ସାଧାରଣତଃ ଆମ ଦେଶରେ ଜିଆଖତ ପ୍ରସ୍ତୁତି ପାଇଁ ଦୁଇଟି ଜିଆ ପ୍ରଜାତିକୁ ଚୟନ କରାଯାଉଛି । ସେଗୁଡ଼ିକ ହେଲା ଏଇସିନିଆ ଫୋଏଟିଡ଼ା ଏବଂ ଇଉଡ୍ରିଲସ ଇଉଜେନି, ବଡ଼ କାଠ, ପ୍ଲାଷ୍ଟିକ ବା ସିମେଣ୍ଟ କୁଣ୍ଡ (ସର୍ବାଧିକ ୧ମି ୧ମି ୦.୫ମି) ଯେଉଁଥିରେ ପ୍ରାୟ ୧୫୦୦ ଜିଆର ବ୍ୟବହାର ହୋଇପାରିବ, ତାହାକୁ ନିଆଯାଏ ଏବଂ ଘର ଭିତରେ ଜିଆଖତ ପ୍ରସ୍ତୁତି କରିବା ସବୁବେଳେ ଗ୍ରହଣୀୟ । କୁଣ୍ଡର ତଳସ୍ଥରରେ କୃଷିଜାତ ଅବଶିଷ୍ଟାଂଶ (ଜୈବବିଘଟନ ଯୋଗ୍ୟ)ର ,କ ସ୍ତର ଦିଆଯାଏ ଯାହା ୫ ସେ.ମି ଉଚ୍ଚତାର ହୋଇଥାଏ । ତା ଉପରେ ବିଘଟିତ ଗୋବରର ଏକ ୫ ସେମିର ସ୍ତର ଆଚ୍ଛାଦନ କରିବାକୁ ପଡ଼େ । ଏହିପରି ଗୋଟିଏ ପରେ ଗୋଟିଏ ସ୍ତର ଦେଲାପରେ ସର୍ବଉପର ଯଥାଯଥ ଜଳ ସିଞ୍ଚନ କରି ସଂପୂର୍ଣ୍ଣ ଆର୍ଦ୍ରତାକୁ ୩୦ ରୁ ୪୦ ପ୍ରତିଶତ ରଖାଯାଏ । ଏହା ଉପରେ ବିଘଟନକାରୀ ଜିଆକୁ ଛଡ଼ାଯାଏ ଏବଂ ଏହା ଉପରେ କିଛି ମାଟି ଘୋଡ଼ାଇ ସୂର୍ଯ୍ୟାଲୋକ ନ ପଡ଼ିବା ପାଇଁ ଅଖା ଘୋଡ଼ାଇ ଦିଆଯାଏ । ଗାଈଗୋରୁ, ଘୋଡ଼ା, ଘୁଷୁରୀ ଇତ୍ୟାଦି ମାନଙ୍କର ଶୁଖିଲା ମଳ ତଥା ଅବ୍ୟବହୃତ ପନିପରିବା ଅବଶିଷ୍ଟାଂଶ ଜିଆମାନଙ୍କର ଉତ୍ତମ ଖାଦ୍ୟ ରୂପେ କାର୍ଯ୍ୟକାରୀ । ଶୁଖିଲା ଗୋବରକୁ ସେହି ଅବସ୍ଥାରେ ଖାଦ୍ୟ ହିସାବରେ ବ୍ୟବହାର କରାଯାଇପାରେ । କିନ୍ତୁ ଉପରୋକ୍ତ ଅନ୍ୟ ଖାଦ୍ୟ ଗୁଡ଼ିକୁ ଶୁଖିଲା ଗୋବର ସାଙ୍ଗରେ ସମପରିମାଣରେ ମିଶାଇ ଖାଦ୍ୟ ହିସାବରେ ବ୍ୟବହାର କରାଯାଏ । ଯେତେବେଳେ ଖତ ପ୍ରସ୍ତୁତ ହୋଇଥାଏ, ଦୈନିକ ଜଳ ସିଞ୍ଚନ ପ୍ରକ୍ରିୟାକୁ ୨-୩ ଦିନ ପାଇଁ ବନ୍ଦ ରଖାଯାଏ । ତା'ପରେ ଉକ୍ତ ଆର୍ଦ୍ର ଜିଆଖତକୁ ବାହାରେ କିଛି ସମୟ ଗଦା କରି ଶୁଖାଇ ଦିଆଯାଏ । ଖତଗଦାର ଉପରିଭାଗରୁ ଜିଆ ଗୁଡ଼ିକ ତଳକୁ ସ୍ଥାନାନ୍ତରିତ ହୋଇଗଲା ପରେ ଏହା ଉପଯୋଗୀ ହୋଇଥାଏ ।

**ପ୍ରସ୍ତୁତ ସମୟର ସତର୍କତା :**

କେବଳ ଉଦ୍ଭିଦଜାତ ଅବଶେଷ ହିଁ ଜିଆଖତର ପ୍ରାଥମିକ ପଦାର୍ଥ ରୂପେ



ବ୍ୟବହାର ଯୋଗ୍ୟ । ପ୍ରାଣୀଜ ଅବଶେଷ ଯଥା ଅଣ୍ଡାଖୋଳପା, ମାଂସ, ହାଡ଼ ଇତ୍ୟାଦି ଜିଆଖତ ପ୍ରସ୍ତୁତି ପାଇଁ ବ୍ୟବହାର୍ଯ୍ୟ ନୁହେଁ । ଠିଆପାଣି ବା ସ୍ୱଳ୍ପ ଆର୍ଦ୍ରତା ଜିଆ ଉପରେ ନକରାତ୍ମକ ପ୍ରଭାବ ପକାଏ । ସେଥିପାଇଁ ଆର୍ଦ୍ରତା ପରିଚାଳନା ସୂଚାରୁ ରୂପେ କରିବା ସଙ୍ଗେ ସଙ୍ଗେ ଜିଆଗୁଡ଼ିକୁ ପକ୍ଷୀ, ପିମ୍ପୁଡ଼ି, ଉଇ ଏବଂ ମୂଷା ଠାରୁ ରକ୍ଷା କରାଯିବା ଉଚିତ୍ । ଜିଆଖତକୁ ନିୟମିତ ବ୍ୟବଧାନରେ ବାହାର କରାଯିବା ମଧ୍ୟ ବିଧେୟ ।

**ଜିଆଖତର ପ୍ରୟୋଗ :**

କ୍ଷେତ୍ର ଫସଲ ବା ଶ୍ୟ, ଡାଲି ଏବଂ ଅନ୍ୟାନ୍ୟ ଫସଲରେ ହେକ୍ଟର ପିଛା ୨-୩ ଟନ୍ ଜିଆଖତ ବ୍ୟବହାର କରାଯାଏ । ମି ବୁଣିବା



ସମୟରେ ବା ଚାରା ୧୫ ସେ.ମି. ଉଚ୍ଚତା ହେବା ପରେ ଧାଡ଼ିରେ ଏହାର ପ୍ରୟୋଗ ଲାଭ ଦାୟକ ହୋଇଥାଏ । ଫଳଗଛ ଗୁଡ଼ିକରେ ଗଛର ବୟସକୁ ଦୃଷ୍ଟିରେ ରଖି ୫ଗରୁ ପିଛା ୫-୧୦ କି.ଗ୍ରା ଜିଆଖତ ଗଛ ଚାରିପାଖରେ ଏକ ରିଙ୍ଗ ବା ବେସନ୍ କରି ଗୋବରଖତ ସାଙ୍ଗରେ ମିଶାଇ ପ୍ରୟୋଗ ବିଧେୟ । ସେହିପରି ପନିପରିବା ଫସଲର ନର୍ସରୀରେ ହେକ୍ଟର ପିଛା ୧ ଟନ୍ ଜିଆଖତ ଓ ଚାରା ଲଗାଇବାର ୪୫ ଦିନ ପରେ ଜଳସେଚନ ପୂର୍ବରୁ ଗଛ ପିଛା ୫୦୦ ଗ୍ରା. ଜିଆଖତ ପ୍ରୟୋଗ ଅତ୍ୟନ୍ତ ଲାଭପ୍ରଦ ଫୁଲଗଛ ଚାଷ ବେଳେ ହେକ୍ଟର ପିଛା ୭୫୦ କି.ଗ୍ରା ଜିଆଖତ ପ୍ରୟୋଗ କରିବା ଜରୁରୀ ।

ତେଣୁ ଚାଷୀଭାଇମାନେ କୃଷି ବିଶେଷଜ୍ଞ ମାନଙ୍କ ପରାମର୍ଶ କ୍ରମେ ଏହାର ପ୍ରୟୋଗ କଲେ ସୁଫଳ ପାଇପାରିବେ ।

ସହକାରୀ ପ୍ରାଧ୍ୟାପକ,
ଶ୍ରୀ ଶ୍ରୀ ୟୁନିଭର୍ସିଟି, କଟକ

## କୃଷି ଓ କୃଷକ - ଏକ ମାର୍ମିକ ଉଚ୍ଚାରଣ



**ବିଜ୍ଞାନ ରଂଜନ ସାହୁ**

ଆମ ଓଡ଼ିଶା ଗୋଟିଏ କୃଷି ପ୍ରଧାନ ରାଜ୍ୟ । ଏହାର ଅଧିକାଂଶ କୃଷି ଭୂମି ଗାଁ ଗହଳରେ ଅବସ୍ଥିତ । ଏହାର ଅଧିକାଂଶ କୃଷିଜିବି, ସେମାନେ କୃଷିକାର୍ଯ୍ୟ ଓ ମୂଲମଜୁରୀ ଲାଗି ସେମାନଙ୍କର ପରିବାର ପ୍ରତିପୋଷଣ କରନ୍ତି । ଓଡ଼ିଶାରେ ଅଧିକାଂଶ କୃଷକ ମାନଙ୍କର ନିଜର ଚାଷଜମି ନଥାଏ । ଏଣୁ ସେମାନେ ଭାଗଚାଷ କରନ୍ତି । ସାଧାରଣତଃ ଗାଁକହଳିରେ କୃଷକମାନଙ୍କ ପାଖରେ ଭଲ ଉତ୍ପାଦନ କରିବାର ଜ୍ଞାନ କୌଶଳ ଏବଂ ସୂଚନା ନଥାଏ । ସେମାନେ ପାରମ୍ପାରିକ ଭାବରେ କୃଷିକାର୍ଯ୍ୟ କରିଥାନ୍ତି । ପ୍ରାକୃତିକ ବିପର୍ଯ୍ୟୟ ହେତୁ ବହୁତ ଫସଲ କ୍ଷତି ଏବଂ ବ୍ୟାଘାତ ହୋଇଥାଏ ଓ କମ୍ ଉତ୍ପାଦନ ହୋଇଥାଏ । ଏଥି ଯୋଗୁଁ ସରକାର ମଧ୍ୟ ଆର୍ଥିକ ସହାୟତା ଦେଇଥାନ୍ତି । କିନ୍ତୁ ତାହା ଜମି ମାଲିକ ନିକଟକୁ ଚାଲିଯାଇଥାଏ ଏବଂ କୃଷକ ଏଥିରୁ କିଛି ପାଇ ନଥାଏ । ଏଥିଯୋଗୁଁ କେତେକ କୃଷକ ଭାଗଚାଷ କରିବାକୁ ମନା କରିଥାନ୍ତି । କୃଷିକାର୍ଯ୍ୟ ଛାଡ଼ି ସହରାଭିମୁଖୀ ହୋଇଥାନ୍ତି । ଆଉ ମଧ୍ୟ ଓଡ଼ିଶା ସରକାରଙ୍କ ଦ୍ୱାରା ୧ଟଙ୍କାରେ ୧୦ କେଜି ଚାଉଳ ପ୍ରଦାନ କରାଯାଉ ଥିବାରୁ ଦୈନିକ ଖାଇବା ଚଳିଯାଏ । ତେଣୁ କୃଷକ ମନରେ ଚାଷ କରିବା ପାଇଁ ଆଗ୍ରହ କମିଯାଏ।

ଅନ୍ୟ ପକ୍ଷରେ କୃଷକମାନେ ଚାଷ କାର୍ଯ୍ୟରେ ଜୈବିକ ଖତ, ଜୈବିକ ସାର ଏବଂ ଜୈବିକ କୀଟନାଶକ ପ୍ରୟୋଗ କରନ୍ତି ନାହିଁ । ଅଧିକ ଅମଳ ପାଇଁ ରାସାୟନିକ ସାର ଔଷଧ ପ୍ରୟୋଗ କରିଥାଆନ୍ତି । ଯାହା ଉପରେ ସେମାନଙ୍କର କୌଣସି ଜ୍ଞାନ ନଥାଏ । ଏହାଦ୍ୱାରା ଅଧିକ ଅମଳ ହୋଇଥାଏ । କିନ୍ତୁ ବହୁତ ପରିମାଣରେ ମୃତ୍ତିକା ଏହାର ଉତ୍ପାଦନର କ୍ଷମତା ହରାଇ ଥାଏ ଏବଂ ପରିବେଶ ପ୍ରଦୂଷଣ ହୋଇଥାଏ । ଆଗାମୀ ବର୍ଷ ମାନଙ୍କର ଅମଳର ପରିମାଣ ହ୍ରାସ ପାଇଥାଏ । ଏଥିଯୋଗୁଁ ଭାଗଚାଷିମାନେ ଭାଗଚାଷ ଛାଡ଼ି ଦେଇଥାନ୍ତି । ଏଣୁ ଜମି ମାଲିକକୁ କ୍ଷତି ସହିବାକୁ ପଡ଼େ ଓ ଜମିର ରକ୍ଷଣାବେକ୍ଷଣା ଅଭାବରୁ ଜମି ନଷ୍ଟ ହୋଇଯାଏ ।

ଆମେ ଜାଣିଛେ କୃଷକମାନେ ସାଧାରଣତଃ ପରିବେଶ ଉପରେ ନିର୍ଭର କରିଥାନ୍ତି । କିନ୍ତୁ ଏହା ସ୍ଥିର ନୁହେଁ ମାତ୍ର ଦିନକୁ ଦିନ ପରିବର୍ତ୍ତନ ହୋଇଥାଏ । ଏଣୁ ଆମେ ଏହାକୁ ରୋକିପାରିବା ନାହିଁ । ତେଣୁ କେତେକ କୃଷକ ମତରେ କୃଷିକାର୍ଯ୍ୟ ହେଉଛି ଭାଗ୍ୟ ଓ କଠିନ ପରିଶ୍ରମ ଉପରେ ନିର୍ଭରଶୀଳ । ଏଣୁ କୃଷିକାର୍ଯ୍ୟରେ ବାରମ୍ବାର କ୍ଷତି ହେବାରୁ କୃଷକମାନେ ଆତ୍ମହତ୍ୟା କରିଥାନ୍ତି ଏହି ସବୁ ସମସ୍ୟା





ଗୁଡ଼ିକରୁ ଦୂରେଇ ରହିବା ପାଇଁ କୃଷକମାନଙ୍କୁ କୃଷି ବିଜ୍ଞାନର ପ୍ରଶିକ୍ଷଣ କରିବା ନିତ୍ୟାନ୍ତ ଜରୁରୀ । ଯଦି ସେମାନେ ପ୍ରଶିକ୍ଷଣ ନେଇ ଉନ୍ନତ ଜ୍ଞାନ କୌଶଳ ପ୍ରୟୋଗ କରି କୃଷିକାର୍ଯ୍ୟ ସମ୍ପାଦନ କରନ୍ତେ ଉତ୍ପାଦନ ବୃଦ୍ଧି ପାଇବ ।

ଆଧୁନିକ ପୃଥିବୀରେ ଗୋଟିଏ ଆଶ୍ଚର୍ଯ୍ୟ କଥା ସମସ୍ତେ ଭଲ ଖାଇବାକୁ ଚାହାନ୍ତି କିନ୍ତୁ ଉତ୍ପାଦନ କରିବାକୁ ନୁହେଁ । ସମସ୍ତେ ଭଲରେ ରହି ଚାକିରି କରିବାକୁ ଚାହାନ୍ତି କିନ୍ତୁ ଜଣେବି କେହି ଭଲ କୃଷକ ହେବାକୁ ଚାହାଁନ୍ତି ନାହିଁ । ଏବେ ପ୍ରଶ୍ନ ଉଠୁଚି- ଉତ୍ପାଦନ କରିବ କିଏ ? ଖାଦ୍ୟ ଆସିବ କେଉଁଠାରୁ । ତେଣୁ କୃଷକମାନଙ୍କୁ ଉପଯୁକ୍ତ ତାଲିମ୍ ପ୍ରାପ୍ତ କରାଯିବା ଦରକାର । ଏହାଦ୍ୱାରା କୃଷକମାନଙ୍କ ରୋଜଗାର ଏବଂ ଭବିଷ୍ୟତରେ କୃଷି ଏକ ମୁଖ୍ୟ ବୃତ୍ତି ହୋଇ ପାରିବ ।

କୃଷକ ପାଠ୍ୟକ୍ରମ :

୧. ପରିବେଶ ଅନୁଯାୟୀ ଶସ୍ୟ ଚିହ୍ନଟ କରିବା
୨. ନୂତନ ଜ୍ଞାନ କୌଶଳର ପ୍ରୟୋଗ
୩. ମିଶ୍ରିତ କୃଷି
୪. ଅଧିକ ଅମଳ କରିପାରୁଥିବା ବିହନ
୫. ନୂତନ ଯନ୍ତ୍ରପାତିର ପ୍ରୟୋଗ
୬. ବିଭିନ୍ନ ପନିପରିବା ଋତୁ ଅନୁସାରେ ଓ ବଜାର ଚାହିଦାରେ ଚାଷ କରିବା

ଜମିଟି ସାଧାରଣତଃ ହିଡ଼ ଦ୍ୱାରା ଭାଗ ଭାଗ ହୋଇଥାଏ । ତେଣୁ ଅଧିକ ଟଙ୍କା ନିବେଶ ହୋଇଥାଏ । ଯଦି ପାଖାପାଖି ଜମି ଥିବା କୃଷକ ନିଜସ୍ୱ ବୁଝାମଣାରେ ହିଡ଼ ଉଠାଇ ଜମିକୁ ଏକତ୍ର କରି ଚାଷ କରନ୍ତେ ଜଳସେଚନର ସୁବିଧା ସହ ଅମଳ ହୁଅନ୍ତା ।

ଯଦି କେତେକ କୃଷକ ଏକାଠି ହୋଇ ଗୋଟେ ଛୋଟ ଫାର୍ମ ଗଠନ କରି ସେମାନଙ୍କର ମିଳିତ ପ୍ରୟାସରେ ସେଠାରେ ଜୈବିକ ସାର, କମ୍ପୋଷ୍ଟ ଏବଂ ଏଫ୍.ୱାଇ.ଏମ୍. ଉତ୍ପାଦନ କରିପାରନ୍ତେ । ଏହା ସେମାନଙ୍କ ପାଇଁ ଅଧିକ ରୋଜଗାର ଦେଇ ପାରିବ । ଏଥିପାଇଁ କୃଷି ବିଜ୍ଞାନ ଶିକ୍ଷା ନିତ୍ୟାନ୍ତ ଆବଶ୍ୟକ ।

କୃଷି ସ୍ନାତକୋତ୍ତର , ଓୟୁଏଟି

## ଟିଲାପିଆ - ମାଛ ଚାଷରେ ଏକ ନୂଆ ସମ୍ଭାବନା



**ବିଜ୍ଞାନ ମିହିର ରାଉତ**

ଟିଲାପିଆ ମାଛକୁ କେତେକ ଗରିବଙ୍କ ମାଛ ବୋଲି କହନ୍ତି । ଏହାର ମୂଳ ବାସସ୍ଥାନ ଆଫ୍ରିକା । ଆଫ୍ରିକା ମହାଦେଶ ବାହାରେ ସର୍ବପ୍ରଥମେ ଏହାର ଏକ ପ୍ରଜାତି ମୋଜାମ୍ବିକ ଟିଲାପିଆ ଚାଷ ଆରମ୍ଭ ହୋଇଥିଲା । କିନ୍ତୁଏହା କ୍ଷୁଦ୍ର, କମ୍ ଚାହିଦା ଓ କେତେକ ଅନାଦୃତ କାରଣ ବଶତ ଏହାର ଚାଷ ସଫଳ ହୋଇପାରିନଥିଲା । ପରେ ବିଂଶ ଶତାବ୍ଦୀରେ ଏକ ଉନ୍ନତ ପ୍ରଜାତିର ଟିଲାପିଆକୁ ଚାଷ କରାଯାଇ ଅଭୁତପୂର୍ବ ସଫଳତା ହାସଲ କରାଯାଇଥିଲା ।ଏହାକୁ ବିଂଶ ଶତାବ୍ଦୀର ମୁଖ୍ୟ ଜଳଜୀବ ଭାବେ ଗଣା ଯାଉଛି ।ଏହି ମାଛ ଅତ୍ୟନ୍ତ ସହନଶୀଳ ଓ ରୋଗପ୍ରତିରୋଧକ୍ଷମ ହୋଇଥାଏ । ଏହାଛଡ଼ା ୪-୬ ମାସ ଭିତରେ ବିକ୍ରିଯୋଗ୍ୟ ହୋଇଥାଏ । ଏହି ମାଛକୁ ବର୍ତ୍ତମାନ ବ୍ୟବସାୟିକ ଉଦ୍ଦେଶ୍ୟରେ ଚାଷ କରାଯାଉଛି ।

ଟିଲାପିଆର ପ୍ରାୟ ୨୦ଟିପ୍ରଜାତି ମଧ୍ୟରୁ ଅଧିକାଂଶ ଆଫ୍ରିକା ପଶ୍ଚିମପାର୍ଶ୍ୱରେ ଥିବା ନଦୀମାନଙ୍କରେ ମିଳିଥାଏ । ଏଥିରୁ ମୁଖ୍ୟତ ୯ପ୍ରକାରର ପ୍ରଜାତି ଉପଯୁକ୍ତ ମନେ ହୁଏ । ନୀଳନଦୀ ଟିଲାପିଆ ସାରା ବିଶ୍ୱରେ ମୁଖ୍ୟ ଚାଷ ଉପଯୋଗୀ ଟିଲାପିଆ ଭାବେ ଗଣା ହୋଇଥାଏ । ନୀଳ ଟିଲାପିଆ ଶଙ୍କର ଜାତୀୟ ଟିଲାପିଆ ଉତ୍ପନ୍ନ କରିବାରେ ବ୍ୟବହାର କରାଯାଇଥାଏ । ଏହା ସମୁଦାୟ ବିଶ୍ୱର ଟିଲାପିଆ ଉତ୍ପାଦନର ପ୍ରାୟ ଶତକଡ଼ା ୮୦ଭାଗ ହୋଇଥାଏ । ଏଥିପାଇଁ ସାଧାରଣତଃ ଥଣ୍ଡା ଜଳବାୟୁ ଥିବା ପରିବେଶ ଆବଶ୍ୟକ । ମୋଜାମ୍ବିଆ ଟିଲାପିଆ ନୀଳନଦୀ ଟିଲାପିଆର ପ୍ରଜାତି ଅଟେ । ଲାଲ୍ ଟିଲାପିଆ - ଏହା ପ୍ରଥମେ ତାଇୱାନରେ ଉତ୍ପାଦିତ ହୋଇଥିଲା । ଏହା ବର୍ତ୍ତମାନ ସାରା ବିଶ୍ୱରେ ଆଦୃତ ହୋଇପାରିଛି ।

ଉତ୍ପାଦନ- ଟିଲାପିଆ ଉତ୍ପାଦନରେ ମୁଖ୍ୟତ ୧୦ଟି ଦେଶ ଆଗରେ ଅଛନ୍ତି । ତନ୍ମଧ୍ୟରୁ ଏସିଆ ମହାଦେଶରେ ଚୀନ୍ ହେଉଛି ମୁଖ୍ୟ ଟିଲାପିଆ ଉତ୍ପାଦନ କାରୀ ରାଷ୍ଟ୍ର । ବିଶ୍ୱର ଅର୍ଦ୍ଧାଧିକ ଟିଲାପିଆ ଚୀନ୍ ଆସିଥାଏ । ସମୁଦାୟ ଉତ୍ପାଦନର ପ୍ରାୟ ୮୫ ଶତକଡ଼ା ମଧୁର ପାଣିରୁ ଆସିଥାଏ । ଏହାକୁ ଉଭୟ ମଧୁର ଓ କ୍ଷାର ପାଣିରେ ଚାଷ କରାଯାଇପାରେ । ଭେକଟି ମାଛ ଚାଷରେ ଏହାକୁ ମୁଖ୍ୟ ଖାଦ୍ୟଭାବେ ବ୍ୟବହାର କରାଯାଇଥାଏ ।ବିଭିନ୍ନ ଚାଷ ପଦ୍ଧତି- ପିରା ଚାଷ- ହ୍ରଦ ଓ ଜଳଭଣ୍ଡାର ମଧ୍ୟରେ ଟିଲାପିଆ



ଚାଷ କରିବାରେ ଫିଲିପାଇନ୍ସ ଅଗ୍ରଣୀ । ପିରା ଚାଷ ମାଧ୍ୟମରେ ୫ ମାସରେ ୧୦୦ ବର୍ଗମିଟରରେ ୧୭୫ ଗ୍ରାମ ହାରାହାରି ଓଜନର ୫୪୦ କିଗ୍ରା ନୀଳନଦୀ ଟିଲାପିଆ ଉତ୍ପାନନ ହୋଇପାରିଥାଏ । ସେହିପରି ଚୀନ୍, ମାଲେସିଆ ଓ ଟିଂଗାପୁରରେ ଅଧିକାଂଶ ଚାଷୀ ଲାଲ୍ ଟିଲାପ୍ତିାକୁ କେନାଲ ବନ୍ଧ ଓ ଜଳଭଣ୍ଡାରରେ ପିଞ୍ଜରା ମଧ୍ୟରେ ସଗନ ଓ ଅର୍ଦ୍ଧସଘନ ଚାଷକଲା ବେଳେ ମଧ୍ୟ ବ୍ୟବହୃତ ହୋଇଥାଏ ।

ପୋଖରୀ ଚାଷ- ଫିଲିଫାଇନ୍ସରେ ଟିଲାପିଆକୁ ଏକୁଟି ଚାଷ ଏବଂ ବାଂଲାଦେଶ, ଚୀନ ଆଦି ରାଷ୍ଟ୍ରରେ ମଶ୍ରିତ ଚାଷ ଭାବେ ବ୍ୟବହାର କରାଯାଇଥାଏ । ଉତ୍ପାଦନ କ୍ଷେତ୍ରରେ ତାଇୱାନ ହେକ୍ଟର ପିଛା ହାରାହାରି ସର୍ବାଧିକ ୧୫-୨୦ ଟନ୍ ହେଉଥିବା ବେଳେ ଚୀନ୍,ଥାଇଲାଣ୍ଡ ଏହା ପଛକୁ ଅଛନ୍ତି । ଫିଲିପାଇନ୍ସରେ ୩-୪ ମାସ ଭିତରେ ୮୦-୯୦ ଶତକଡ଼ା ୧୫୦-୨୦୦ ଗ୍ରାମ ଓଜନର ୪-୭ ଟନ ଟିଲାପିଆ ଉତ୍ପନ୍ନ ହୋଇପାରିବ ।

ସେହିପରି ଦକ୍ଷିଣପୂର୍ବ ଏସିଆରେ ଇଣ୍ଡୋନେସିଆ, ଥାଇଲାଣ୍ଡ, ଭିଏତନାମ ଆଦି ଦେଶରେ ଟିଲାପିଆକୁ ମିଶ୍ରିତ ଚାଷ ଭାବରେ ମଧୁର ପାଣିରେ କୃଷି ଓ ପଶୁପାଳନ ସହ ସମ୍ମୋହିତ ଭାବେ ଚାଷ କରାଯାଇଥାଏ । ନୀଳନଦୀ ଟିଲାପିଆ ଚାଷକୁ ମୁଖ୍ୟତଃ ମଧୁର ପାଣିରେ କରାଯାଇଥାଏ । ଏହାକୁ ତାଇୱାନ, ମାଲେସିଆର କଂକ୍ରିଟ୍ ପୋଖରୀରେ ସଘନ ଚାଷ କରାଯାଇଥାଏ ।

ଏକଲିଙ୍ଗି ଚାଷ- ଟିଲାପିଆ ସାଧାରଣତଃ ୪-୬ ମାସ ବୟସ ମଧ୍ୟରେ ଉତ୍ପାଦନ କାରଯାଇଥାଏ । ଯାହା ଫଳରେ ପୋଖରୀରେ ବହୁଳ ପରିମାଣରେ ବାମନ ଆକୃତି ବିଶିଷ୍ଟ ଟିଲାପିଆ ମାଛ ମିଳିଥାଏ । ସୁତରାଂ ଏହାର ପ୍ରଜନନକୁ ନିୟନ୍ତ୍ରଣ କରିବା ଆବଶ୍ୟକ ହୋଇଥାଏ । ଅଧିକାଂଶ ଚାଷୀ ଏକଲିଙ୍ଗି ଚାଷକୁ ଗୁରୁତ୍ୱ ଦେଇଥାନ୍ତି । ସମୁଦାୟ ଚାଷ ଖର୍ଚ୍ଚର ପ୍ରାୟ ୩୪% କେବଳ ଖାଦ୍ୟ ଦ୍ୱାରା ହୋଇଥାଏ । ପିରା ଚାଷରେ ଖାଦ୍ୟର ବହୁଳ ବ୍ୟବହାର ହେତୁ ଏଥିରେ ଖାଦ୍ୟ ଖର୍ଚ୍ଚ ପ୍ରାୟ ୮୫% ହୋଇଥାଏ । କହିବାକୁ ଗଲେ ଟିଲାପିଆ ଚାଷ ଲାଭଦାୟକ ଅଟେ । ଏହି ଦୃଷ୍ଟିରୁ ଏସିଆ ଓ ଆମେରିକାର ବହୁ ରାଷ୍ଟ୍ର ଏବେ ଟିଲାପିଆ ଉତ୍ପାଦନ ଉପରେ ଗୁରୁତ୍ୱ ଦେଉଛନ୍ତି ।

ମତ୍ସ୍ୟ ଛାତ୍ର,
ଏମ୍.ଏସ୍ ସ୍ୱାମୀନାଥନ କୃଷି ବିଶ୍ୱବିଦ୍ୟାଳୟ, ପାରଳାଖେମୁଣ୍ଡି
ମୋ- ୭୯୭୮୧୯୬୮୩୪

## ବିଶ୍ୱ ମୃତ୍ତିକା ଦିବସ ଅବସରରେ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ

ଶ୍ୟାମଳ ସୁବର୍ଣ୍ଣ ଓଡ଼ିଶାର ଏକ ଅଗ୍ରଣୀ କୃଷି ଭିତ୍ତିକ ପତ୍ରିକା ଭାବରେ କୃଷି ଓ କୃଷକର ଉନ୍ନତି ପାଇଁ କାର୍ଯ୍ୟରତ । କୃଷିର ବି୍ାଶ, କୃଷକର ବିକାଶକୁ ମୂଳମନ୍ତ୍ର ଭାବେ ବିବେଚନା କରି ବିଗତ ୨୦୧୮ ଏପ୍ରିଲରୁ କୃଷି ଛାତ୍ରଛାତ୍ରୀମାନଙ୍କ ଦ୍ୱାରା ପ୍ରକାଶିତ ଏହି ପତ୍ରିକା ନିରନ୍ତର ଭାବେ ପ୍ରକାଶ ପାଇ ଚାଷୀକୁଳ ପାଖରେ ବେଶ ସ୍ନେହ , ଶ୍ରଦ୍ଧା ସାଉଁଟିପାରିଛି । ଶ୍ୟାମଳ ସୁବର୍ଣ୍ଣ ସବୁବେଳେ କୃଷିର ବିକାଶ ସହ କୃଷକର ବିକାଶ ଉପରେ ଗୁରୁତ୍ୱ ଦେଇଥାଏ । ତେବେ ଆଗାମୀ ଡ଼ିସେମ୍ବର ୫ ତାରିଖ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଶ୍ୟାମଳ ସୁବର୍ଣ୍ଣ ତରଫରୁ ପ୍ରବନ୍ଧ ପ୍ରତିଭା ଅନ୍ୱେଷଣ କାର୍ଯ୍ୟକ୍ରମ କରାଯାଉଛି । ଛାତ୍ରଛାତ୍ରୀଙ୍କ ମଧ୍ୟରେ ମାଟି ଓ ଏହାର ଉପାଦେୟତା ବିଷୟରେ ସଚେତନତା ସୃଷ୍ଟି କରାଯିବା ହିଁ ଏହାର ମୂଳ ଲକ୍ଷ୍ୟ । କୃଷି ବିଜ୍ଞାନୀ ଛାତ୍ର ଛାତ୍ରୀଙ୍କ ମଧ୍ୟରେ ମାଟି ସହ ଜନଜୀବନର ବିଶେଷତା ଉପରେ ସଚେତନତା କରାଇବା ଲକ୍ଷ୍ୟରେ ଆରମ୍ଭ ହୋଇଛି ଏହି କାର୍ଯ୍ୟକ୍ରମ ବୋଲି ପତ୍ରିକାର ସମ୍ପାଦକ ଡ଼ି ଶୁଭମ୍ କହିଛନ୍ତି । ଏହି ପ୍ରବନ୍ଧର ବିଷୟ ବସ୍ତୁ ରହିଛି : ମାଟି -ଚାଷର ଏନ୍ତୁଡ଼ିଶାଳ ଓ ଇଂରାଜୀ ବିଭାଗ ପାଇଁ ବିଷୟ- soil-the life giver of all existence । ଛାତ୍ରଛାତ୍ରୀ ମାନେ ଉଭୟ ଓଡ଼ିଆ ଓ ଇଂରାଜୀରେ ପ୍ରବନ୍ଧ ଲେଖି ୬୦୦-୭୦୦ ଶବ୍ଦ ମଧ୍ୟରେ ୩୦.୧୧.୨୦୨୧ ମଧ୍ୟରେ ପଠାଇବାକୁ ନିବେଦନ କରାଯାଇଛି । ପଠାଇବାର ଠିକଣା - ଇମେଲ- dshuvam97@gmail.com ଓ ଡ଼ାକ ମାଧ୍ୟମରେ - ମାର୍ଫତ- ସମ୍ପାଦକ,ଶ୍ୟାମଳ ସୁବର୍ଣ୍ଣ , ଷ୍ଟେଟ୍ ବ୍ୟାଙ୍କ ପାଖ , ବାସୁଦେବପୁର , ଭଦ୍ରକ ଠିକଣାରେ ପଠାଇପାରିବେ । ପ୍ରତିଯୋଗିତାର ଫଳାଫଳ ଆସନ୍ତା ଡ଼ିସେମ୍ବର ୫ ବିଶ୍ୱ ମୃତ୍ତିକା ଦିବସ ଅବସରରେ ଘୋଷଣା କରାଯିବା ସହ ଶ୍ରେଷ୍ଠ ତିନିଜଣଙ୍କୁ ମାନପତ୍ର ଦିଆଯିବ ବୋଲି ସମ୍ପାଦକ କହିଛନ୍ତି ।




# ଅସାମ୍ବିଧାନିକ ଉପାୟରେ ଜିଗ୍ନେସ୍ ମେଓ୍ୱାନିଙ୍କୁ ଗିରଫ କରିବା ନିନ୍ଦନୀୟ

ଭୁବନେଶ୍ୱର (ପିଏନ୍): ଜିଗ୍ନେସ ମେଓ୍ୱାନିଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫର ପ୍ରତିବାଦ ଓ ତୁରନ୍ତ ଖଲାସ ଦାବିରେ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ଅଧ୍ୟକ୍ଷ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ମାନ୍ୟବର ରାଜ୍ୟପାଳଙ୍କୁ ଏକ ସ୍ମାରକପତ୍ର ପ୍ରଦାନ କରାଯାଇଅଛି । ଶ୍ରୀଯୁକ୍ତ ଜିଗ୍ନେସ ମେଓ୍ୱାନି ଜଣେ ଦକ୍ଷ, ବିଶିଷ୍ଟ ଦଳିତ ନେତା ଓ ବିଧାୟକ ବାଗାଦାମ ବିଧାନସଭା ନିର୍ବାଚନ ମଣ୍ଡଳି (ଗୁଜରାଟ) ଗତ.୨୧.୦୪.୨୦୨୨ତାରିଖ ମଧ୍ୟରାତ୍ରିରେ ଗୁଜୁରାଟର ପାଲାନପୁର ସର୍କିଟ୍ ହାଉସ୍‌ରୁ ଆସାମ ପୋଲିସ୍ ଗିରଫ କରିଛନ୍ତି ବୋଲି ଆମ୍ଭ ନଜରକୁ ଆସିଛି । ନିକଟରେ ବିଜେପି ନେତା ଓ କେନ୍ଦ୍ର ଗୃହମନ୍ତ୍ରୀ ଅମିତ ଶାହ ଅଭିଯୋଗ କରିଛନ୍ତି ଯେ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଜିଗ୍ନେସ ମେଓ୍ୱାନି କରିଥିବା ଟ୍ୱିଟ୍ ଏକ ଅବାସ୍ତବ । ଆସାମର କୋକ୍ରୋଟର ଜିଲ୍ଲାର ଏକ ବିଜେପି ନେତା ଅରୁପ କୁମାର ଦେଙ୍କ ଅଭିଯୋଗ କ୍ରମରେ ଦର୍ଶାଇଛନ୍ତି ଯେ ଜିଗ୍ନେସ ମେଓ୍ୱାନିଙ୍କ ଟ୍ୱିଟ୍‌ଟି କିଛି ଗୋଷ୍ଠୀର ଜନସାଧାରଣଙ୍କ ମଧ୍ୟରେ ଉତେଜନା ସୃଷ୍ଟି କରିବ ଓ ସଂହତିରେ ବାଧା ସୃଷ୍ଟି କରିବ । ଜଣେ ବିଜେପି କର୍ମୀଙ୍କ ଅଭିଯୋଗ କ୍ରମେ ଜଣେ ନିର୍ବାଚିତ ଜନପ୍ରତିନିଧିଙ୍କୁ ଏଭଳି ଭାବରେ ଗିରଫ କରାଯିବା, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସମ୍ପର୍କରେ ଏକ ଟ୍ୱିଟ୍‌କୁ ନେଇ ଆସାମ ମୁଖ୍ୟମନ୍ତ୍ରୀ ହେମନ୍ତ ବିଶ୍ୱକର୍ମାଙ୍କର ସରକାର ଏକ ଭୀରୁ ଏବଂ ପ୍ରତିଶୋଧପରାୟଣ, ବିଜେପି ସରକାର ବୋଲି ମନେହୁଏ । କେହିବି ଦଳିତ, ଆଦିବାସୀ ଓ ବଂଚିତ ବର୍ଗ ପାଇଁ ସ୍ୱର ଉଠାଇଲେ ବିଜେପି ସରକାର ତାଙ୍କର ପ୍ରତିଶୋଧପରାୟଣ ରୂପ ଦେଖାଇଥାନ୍ତି । ନିକଟରେ ଗୁଜରାଟ ପ୍ରଦେଶର ବିଧାନ ସଭା ନିର୍ବାଚନ ପାଖେଇ ଆସୁଥିବାରୁ କେନ୍ଦ୍ର ବିଜେପି ସରକାର, ଗ୍ୟାସ୍, ପେଟ୍ରୋଲ୍, ଡିଜେଲ୍, ସି.ଏନ୍.ଜି. ଓ ଅତ୍ୟାବଶକୀୟ ଦ୍ରବ୍ୟର ଅହେତୁକ ମୂଲ୍ୟ ବୃଦ୍ଧି ଉପରୁ ଜନସାଧାରଣଙ୍କ ନଜର ହଟାଇବା ଓ କୋଭିଡ୍ ମୃତ୍ୟୁକୁ ନିୟନ୍ତ୍ରଣ କରିବାରେ ଗୁଜରାଟ ସରକାର ବିଫଳ ଇତ୍ୟାଦିରୁ ନିଜର ବଦନାମକୁ ଲୁଚାଇବା ପାଇଁ କ୍ଷମତାର ଅପବ୍ୟବହାର କରି ଏ ସବୁ ହୀନ ଚକ୍ରାନ୍ତ କରୁଛନ୍ତି । ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଜିଗ୍ନେସଙ୍କୁ ଅସାମ୍ବିଧାନିକ ଉପାୟରେ ଗିରଫ କରାଯାଇଥିବାରୁ ଏ ଘଟଣାର ତିବ୍ର ନିନ୍ଦା କରାଯିବା ସହିତ, ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି, ଗୃହମନ୍ତ୍ରୀ ଅମିତ ଶାହ, ଓ ଆସାମ ମୁଖ୍ୟମନ୍ତ୍ରୀ ହେମ' ବିଶ୍ୱଶର୍ମା, ଜିଗ୍ନେସଙ୍କୁ ଲିଖିତ ଆକାରେ କ୍ଷମା ମାଗିବା ସହିତ ତାଙ୍କୁ ଖଲାସ କରି, ତାଙ୍କର ଗୁଜରାଟ ପ୍ରଦେଶର ଗୃହକୁ ପଠାଇବାର ସୁବନ୍ଦୋବସ୍ତ କରିବା ପାଇଁ ପ୍ରଦେଶ କଂଗ୍ରେସ ଅନୁସୂଚିତ ଜାତି ବିଭାଗ ପକ୍ଷରୁ ଦାବ କରାଯାଇଅଛି । ଅଖିଳ ଭାରତୀୟ କଂଗ୍ରେସ କମିଟି ଅନୁସୂଚିତ ଜାତି ବିଭାଗର ଓ ରାଜ୍ୟ ଅଧ୍ୟକ୍ଷ ଶ୍ରୀ ବାଙ୍କନିଧି ବେହେରାଙ୍କ ନିର୍ଦ୍ଦେଶକ୍ରମେ ଏହି ପ୍ରତିନିଧି ମଣ୍ଡଳୀରେ କଂଗ୍ରେସ ଅନୁସୂଚିତ ଜାତି ବିଭାଗର କର୍ମକର୍ତା ସନ୍ତୋଷ କୁମ୍ଭାର, ମାନସ ମଲ୍ଲିକ,ଜାନକି ମଲ୍ଲିକ, ତାପସ ସେଠି ଓ ଜୟନ୍ତ କୁମାର ଭୋଇ ପ୍ରମୁଖ ମାନ୍ୟବର ରାଜ୍ୟପାଳଙ୍କୁ ସ୍ମାରକପତ୍ର ପ୍ରଦାନ କରିଥିଲେ ।

# ଉଜ୍ଜ୍ୱଳ ତାରକାର ଦୁଃଖଦ ଅବସାନ

ଭୁବନେଶ୍ୱର (ପିଏନ୍): ବିଶିଷ୍ଟ ଯୁବ ବୈଜ୍ଞାନିକ ତଥା ଗବେଷକ ଡାକ୍ତର ସୁଜିତ କୁମାର ମହାନ୍ତି ଦୀର୍ଘଦିନ ଧରି ଫୁସ୍‌ଫୁସ୍ ଜନିତ କ୍ୟାନସର୍ ରୋଗରେ ଆକ୍ରାନ୍ତ ହୋଇ ଗତ ଅପ୍ରେଲ ୮ ତାରିଖ ରାତିରେ ଏକ ଘରୋଇ ହସ୍ପିଟାଲ୍‌ରେ ଇହଲୀଳା ସମ୍ବରଣ କରିଛନ୍ତି । ଡକ୍ଟର ସୁଜିତ ମହାନ୍ତି ହେଉଛନ୍ତି ବିଶିଷ୍ଟ ଆଇନଜୀବୀ ତଥା ସମାଜସେବୀ ସୁଧୀର ମହାନ୍ତିଙ୍କ ଦ୍ୱିତୀୟ ପୁତ୍ର । ସୁଜିତ ବ୍ରହ୍ମପୁର ବିଶ୍ୱବିଦ୍ୟାଳୟରୁ କୃତିତ୍ୱର ସହ ବାୟୋ-ଟେକ୍ନୋଲୋଜିରେ ପାସ୍ କରିବା ପରେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ କେମିକାଲ୍ ଟେକ୍ନୋଲୋଜି, ହାଇଦ୍ରାବାଦରେ ଅଧ୍ୟୟନ କରି ସେଠାରେ ପ୍ରଥମ ଶ୍ରେଣୀରେ ପ୍ରଥମ ହୋଇ ପାସ୍ କରିଥିଲେ । ତା'ପରେ ସେ ଇଣ୍ଡିଆନ୍ ଇନ୍‌ଷ୍ଟିଚ୍ୟୁଟ୍ ଅଫ୍ ସାଇନ୍‌ସ, ବାଙ୍ଗାଲୋରରେ ପଢୁଥିବା ସମୟରେ ବିଭିନ୍ନ ବୈଜ୍ଞାନିକମାନଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ସମ୍ପୂର୍ଣ୍ଣ ଛାତ୍ରବୃତ୍ତି ପାଇ ଉଚ୍ଚଶିକ୍ଷା ହାସଲ କରିବାକୁ ଆମେରିକା ଯାଇଥିଲେ । ସେଠାରେ ଆଇ.ଓ.ଡବ୍ଲ୍ୟୁ.ଏ. ୟୁନିଭରସିଟିରେ ବାୟୋକେମିକାଲ୍ ଇଞ୍ଜିନିୟରିଂରେ ପାସ୍ କରିବା ସଙ୍ଗେସଙ୍ଗେ ପି.ଏଚ୍‌ଡି. ହାସଲ କରିଥିଲେ । ଏହାପରେ ଏକ ବେସରକାରୀ କମ୍ପାନୀରେ କାମ କରି ଗବେଷଣା କରିଥିଲେ । ତାପରେ ପୋଷ୍ଟ ଡକ୍ଟରେଟ୍ କରିବା ସମୟରେ ଆମେରିକାର ବିଶିଷ୍ଟ ଓଡ଼ିଆ ଶିଳ୍ପପତି ଡାକ୍ତର ଶୀତିକଣ୍ଠ ଦାସଙ୍କ ଦ୍ୱାରା ଅନୁପ୍ରାଣିତ ହୋଇ ନିଜ ରାଜ୍ୟରେ ଶିଳ୍ପର ବିକାଶ ପାଇଁ କାର୍ଯ୍ୟ କରିବା ପାଇଁ ୨୦୧୯ ମସିହାରେ ଓଡ଼ିଶା ଫେରି ଆସିଥିଲେ । ଭୁବନେଶ୍ୱରରେ ସ୍ୱାଲୋକମ ବାଇଅଭେଞ୍ଚର୍ କମ୍ପାନୀ ଗଠନ କରି କାର୍ଯ୍ୟ ଆରମ୍ଭ କରିବା ସମୟରେ ଦୁଇଥର କୋରୋନାରେ ଆକ୍ରାନ୍ତ ହୋଇଥିଲେ । ଆରୋଗ୍ୟ ଲାଭ କରିଥିଲେ ମଧ୍ୟ ପରବର୍ତ୍ତୀ ପର୍ଯ୍ୟାୟରେ କ୍ୟାନସର୍‌ରେ ଆକ୍ରାନ୍ତ ହୋଇଥିଲେ । ଟାଟା ମେମୋରିଆଲ୍ ହସ୍ପିଟାଲ୍‌ରେ ଚିକିତ୍ସିତ ହୋଇଥିଲେ ମଧ୍ୟ ତାଙ୍କର ସ୍ୱାସ୍ଥ୍ୟାବସ୍ଥାରେ ବିଶେଷ ଅଗ୍ରଗତି ପରିଲକ୍ଷିତ ହୋଇ ନଥିଲା । ଭୁବନେଶ୍ୱରରେ ସମ୍ ହସ୍ପିଟାଲ୍‌ରେ ଚିକିତ୍ସିତ ଅବସ୍ଥାରେ ତାଙ୍କର ଦେହାନ୍ତ ହୋଇଥିଲା । ମୃତ୍ୟୁଶଯ୍ୟା ନିକଟରେ ତାଙ୍କ ମାତା ରଞ୍ଜିତା ମହାନ୍ତି, ବଡ଼ଭାଇ ଡାକ୍ତର ସୁବ୍ରତ ମହାନ୍ତି, ଭାଉଜ ଲଭଲିନ୍ ମହାନ୍ତି, ସାନଭାଇ ଡକ୍ଟର ସନ୍ଦୀପ ମହାନ୍ତି, ଭାଇବୋହୂ ଡଃ ପ୍ରିୟଙ୍କା ମହାନ୍ତି ଉପସ୍ଥିତ ଥିଲେ ।

# ଲେଖକ ସମବାୟ ସମିତିର ରାଜ୍ୟସ୍ତରୀୟ କବିତା ପାଠ

ଆନନ୍ଦପୁର (ପିଏନ୍): ଆନନ୍ଦପୁର ଲେଖକ ସମବାୟ ସମିତିର ଦଶମ ବାର୍ଷିକ ସାରସ୍ୱତ ସମାରୋହ ଅବସରରେ ଏକ କବିତା ପାଠ ଉତ୍ସବ ଅନୁଷ୍ଠିତ ହୋଇଯାଇଛି । ଏହି ସମାରୋହର ପ୍ରଥର ପର୍ଯ୍ୟାୟରେ ଅନୁଷ୍ଠିତ ଆସରକୁ ଓଡିଶା ସଙ୍ଗୀତ ନାଟକ ଏକାଡେମୀ ପୁରସ୍କାରପ୍ରାପ୍ତ ପାଲାକାର ଗୋବିନ୍ଦ ଚନ୍ଦ୍ର ପାଣିଗ୍ରାହୀ ପ୍ରଦୀପ ପ୍ରଜ୍ୱଳନ କରି ଉଦ୍‌ଘାଟନ କରିଥିଲେ । ମ ।ସୀନ ଅତିଥି ମାନଙ୍କ ମଧ୍ୟରେ ଅନ୍ୱେସା ସାହିତ୍ୟ ସଂସଦର ସଭାପତି ସୁରେନ୍ଦ୍ର କୁମାର ବେହେରା, କୁଶଳେଶ୍ୱର ସାହିତ୍ୟ ସଂସଦର ଉପସଭାପତି ମଙ୍ଗୁଳି ଚରଣ ପୃଷ୍ଟି, ସମ୍ବାଦ ସାହିତ୍ୟ ଘର ହାଟଡିହୀର ସଭାପତି ଅନ୍ତର୍ଯ୍ୟାମୀ ରାଉତ ଏବଂ ବଉଳା ସାହିତ୍ୟ ସଂସଦର କର୍ମକର୍ତ୍ତା ଅଧ୍ୟାପକ ସୁବାସ ପାତ୍ର, ଶ୍ରୀକାନ୍ତ ପଟ୍ଟନାୟକ ପ୍ରମୁଖ ଯୋଗଦେଇ ସାହିତ୍ୟରେ କବିତାର ଭୂମିକା ସମ୍ପର୍କରେ ଆଲୋକପାତ କରିଥିଲେ । ରତ୍ନାକର ଦାସଙ୍କ ସଂଯୋଜନାରେ ଆୟୋଜିତ ଏହି ଭବ୍ୟ କବିତା ପାଠରେ ଯାଜପୁର, ଭଦ୍ରକ, କଟକ, ବାଲେଶ୍ୱର ଓ ମୟୁରଭଂଜ ଅଂଚଳର କବିମାନେ ସେମାନଙ୍କର ସ୍ୱରଚିତ କବିତା ଆବୃତି କରିଥିଲେ । ଆନନ୍ଦପୁର ଅଂଚଳର କବିମାନଙ୍କ ମଧ୍ୟରେ ଧୁମକେତୁ ଦାସ, ଅର୍ଜୁନ ବେହେରା, ମୁରଲୀଧର ବେହେରା, ଉମାକାନ୍ତ ଜେନା, ନରହରି ରାଉତ, ବନମାଳୀ ଜେନା, ଅଭୟ ସାମଲ, ବାମନ ବେହେରା, ସୁଦାମ ଚରଣ ଜେନା, ସୁରେନ୍ଦ୍ର କୁମାର ପରିଡା, ଦଶରଥ ସାହୁ, ରାମଚନ୍ଦ୍ର ଜେନା, ନିରନ ସାହୁ, ଗୋବର୍ଦ୍ଧନ ନାୟକ, ବୈଲୋଚନ ସାହୁ, ଜ୍ୟୋସ୍ନା ଦାସ, ମାଳତୀ ପଣ୍ଡା, କୀର୍ତ୍ତନ ସାହୁ, ରଘୁନାଥ ପଣ୍ଡିତ ପ୍ରମୁଖ କବିମାନେ କବିତା ଆବୃତ୍ତି କରିଥିଲେ । ପ୍ରଥମରେ ଛାତ୍ରୀ ସୁଦେସ୍ନା ସାହୁ ଆବାହନୀ ସଙ୍ଗୀତ ଗାନ କରିଥିଲେ ଓ ଅନୀଲ ସାହୁ ଧନ୍ୟବାଦ ଅର୍ପଣ କରିଥିଲେ ।

# ରାଉରକେଲା ସ୍ୱରେଜ୍ ପ୍ରକଳ୍ପରେ ଦୁର୍ନୀତି ଓ ଅନିୟମିତତା ନେଇ ଏଡିଏମ୍‌ଙ୍କୁ ସାକ୍ଷାତ କଲା ଜିଲ୍ଲା କଂଗ୍ରେସ

ରାଉରକେଲା (ପିଏନ୍): ରାଉରକେଲା ସ୍ୱରେଜ୍ ପ୍ଲାଣ୍ଟ ପ୍ରକଳ୍ପରେ ହୋଇଥିବା ବ୍ୟାପକ ଦୁର୍ନୀତି, ଅନିୟମିତତା ତଥା ବୋର୍ଡ କର୍ତ୍ତୃପକ୍ଷଙ୍କ ତରଫରୁ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀ ବେଆଇନ୍ ଭାବେ ଯୋଗାଇ ଦିଆଯାଉଥିବା ସୁବିଧା ସମ୍ପର୍କରେ ଜିଲ୍ଲା କଂଗ୍ରେସ ତରଫରୁ ରାଉରକେଲା ଅତିରିକ୍ତ ଜିଲ୍ଲାପାଳ ତଥା ମହାନଗର ନିଗମର କମିଶନର ଡ.ଶୁଭଙ୍କର ମହାପାତ୍ରଙ୍କୁ ସାକ୍ଷାତ କରି ସମସ୍ତ ବିଷୟ ଅବଗତ କରାଯାଇଛି । ପ୍ରାୟ ୩୪୮ କୋଟି ଟଙ୍କା ବ୍ୟୟ ମୁରୀରେ ଗତ ୨୦୧୭ ମସିହାରେ ଏହି ପ୍ରକଳ୍ପ କାର୍ଯ୍ୟ ଆରମ୍ଭ କରାଯାଇ ୨୦୨୦ ଜାନୁୟାରୀ ସୁଦ୍ଧା କାର୍ଯ୍ୟ ସାରିବା ପାଇଁ ଲକ୍ଷ୍ୟ ଧାର୍ଯ୍ୟ କରାଯାଇଥିଲେ ହେଁ ଅଦ୍ୟାବଧି ତାହା ସମ୍ପୂର୍ଣ୍ଣ ହୋଇ ନାହିଁ । ଯେଉଁ କାର୍ଯ୍ୟ ହାତକୁ ନିଆଯାଇଛି ସେଥିରୁ ବର୍ତ୍ତମାନ ସୁଦ୍ଧା ୨୦ ପ୍ରତିଶତ ବାକି ଥିବାବେଳେ ଯେଉଁ କାମ କରାଯାଇଛି ତାହା ଅତ୍ୟ' ନିମ୍ନମାନର ହୋଇଥିବାରୁ ତାହା ସହରବାସୀଙ୍କ ପାଇଁ ସର୍ବଦା ସମସୟା ସୃଷ୍ଟି କରୁଛି ବୋଲି କଂଗ୍ରେସ ନେତୃବୃନ୍ଦ ଅତିରିକ୍ତ ଜିଲ୍ଲାପାଳଙ୍କ ନିକଟରେ ଅଭିଯୋଗ କରିଛନ୍ତି । ଏହି ଅବସରରେ ଅତିରିକ୍ତ ଜିଲ୍ଲାପାଳଙ୍କୁ ପ୍ରଦତ୍ତ ଏକ ସ୍ମାରକପତ୍ରରେ କୁହାଯାଇଛି ଯେ, ମୁଖ୍ୟମାର୍ଗର ତାରିଣୀ ମନ୍ଦର ଠାରୁ ରଘୁନାଥପାଲ୍ଲୀ ଥାନା ପର୍ଯ୍ୟ' ଓ ଏସ୍‌ଟିଆଇ ଓଭରବ୍ରିଜ ଠାରୁ ବିରଜାପାଲ୍ଲୀ ଓଭର ବ୍ରିଜ୍ ପର୍ଯ୍ୟ' ସ୍ୱରେଜ୍ ପାଇପ୍ ବିଛାଯାଇ ନାହିଁ । ସେହିପରି ଛେଣ୍ଡ ଭିଏସ୍‌ଏସ୍ ମାର୍କେଟ ଛକଠାରୁ ବିଏସ୍‌ଏନ୍‌ଏଲ ଛକ ପର୍ଯ୍ୟ' ଉଭୟ ପାର୍ଶ୍ୱରେ ମଧ୍ୟ ପାଇପ୍ ବିଛାଯାଇ ନାହିଁ । ମୂଳ ଡ୍ରଇଁରେ ପାଇପ୍ ବିଛାଇବା ବ୍ୟବସ୍ଥା ଥିଲେ ହେଁ କାହିଁକି ଏଠାରେ ପାଇପ୍ ବିଛାଯାଇ ନାହିଁ ଓ ଏ ବାବଦ ଅର୍ଥ କୁଆଡେ ଗଲା ତାହା ଅନୁଧ୍ୟାନ କରିବାକୁ ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସେହିପରି ଯେଉଁ ପାଇପ୍ ବିଛା କାର୍ଯ୍ୟ କରାଯାଇଛି ଏଥିରେ ଆବଶ୍ୟକୀୟ ଗ୍ରାନାଇଟ୍ ପଥର ଚିପ୍‌ସ ଓ ଆବଶ୍ୟକୀୟ ବାଲି ଭର୍ତ୍ତି କରାଯାଇନଥିବାରୁ ବିଭିନ୍ନ ସ୍ଥାନରେ ରାସ୍ତା ଦବିଯାଉଥିବା ଦେଖାଯାଉଛି । ଯାହାର ଉଦାହରଣ ହେଉଛି ଜୋଲ୍ ରୋଡ୍, ଛେଣ୍ଡ ମୁଖ୍ୟମାର୍ଗ, ଆଇଟିଆଇ କଳିଙ୍ଗ ବିହାର ରାସ୍ତା, ବାସ'୍ତ ପାଣି ଟାଙ୍କି ରାସ୍ତା ଇତ୍ୟାଦି । ଅତ୍ୟ' ନିମ୍ନମାନର କାର୍ଯ୍ୟ କରାଯାଇ ପାଇପ୍ ଲାଇନର ମେନ୍ ହୋଲ ନିର୍ମାଣ କରାଯାଇଥିବାରୁ ସେଗୁଡିକ କେଉଁଠି ରାସ୍ତା ଉପରେ ତ ଆଉ କେଉଁଠି ରାସ୍ତା ତଳେ ରହିଛି । ଫଳରେ ପ୍ରତିଦିନ ଛୋଟବଡ ଦୁର୍ଘଟଣାର କାରଣ ସାଜୁଛି । ପାଇପ୍ ବିଛା କାର୍ଯ୍ୟ ପରେ ରାସ୍ତା ନିର୍ମାଣ କରି ୫ ବର୍ଷ ପାଇଁ ମରାମତି ଓ ରକ୍ଷଣାବେକ୍ଷଣର ଦାୟିତ୍ୱ ଠିକା ସଂସ୍ଥା ଏଲ୍‌ଆଣ୍ଡଟି କମ୍ପାନୀର ହୋଇଥିବା ବେଳେ ସମ୍ପ୍ରତି ଦବିଯାଉଥିବା ଓ ଭୁଷୁଡି ପଡୁଥିବା ରାସ୍ତାଗୁଡିକୁ କାହିଁକି ଆର୍‌ଏମ୍‌ସି ନିର୍ମାଣ କରୁଛି ବୋଲି ଦଳ ତରଫରୁ ପ୍ରଶ୍ନ କରାଯାଇ ଏହାର ଅନଧ୍ୟାନ କରିବାକୁ ଅତିରିକ୍ତ ଜିଲ୍ଲାପାଳଙ୍କୁ ଅନୁରୋଧ କରାଯାଇଛି । ଛେଣ୍ଡ ବାଗୁଡି ବସ୍ତି ଓ ବ୍ୟାଙ୍କ କଲୋନୀରେ ସ୍ୱରେଜ୍ ପାଇପ୍ ବିଛାଇବା ପାଇଁ ମୂଳ ଡ୍ରଇଁରେ ବ୍ୟବସ୍ଥା ନଥିବା ବେଳେ ଏ ଅ ଳରେ ପ୍ରାୟ ୩୦ ଲକ୍ଷ ଟଙ୍କାର ପାଇପ୍ ବିଛାଯାଇ ପରିତ୍ୟକ୍ତ ଅବସ୍ଥାରେ ଛାଡି ଦିଆଯାଇଛି । ଏହି ପାଇପ୍ ଲାଇନ୍‌କୁ କୌଣସି ମୁଖ୍ୟ ପାଇପ୍ ଲାଇନ୍ ସହିତ ସଂଯୋଗ କରାଯାଇନଥିବାରୁ ଏହି ପାଇପ୍ ବିଛା କାର୍ଯ୍ୟ ନଷ୍ଟ ହେବା ସହିତ ଏ ବାବଦରେ ବୋର୍ଡର ବିପୁଳ ଅର୍ଥ ନଷ୍ଟ ହେବାକୁ ଯାଉଥିବା ଏହାର ଆବଶ୍ୟକୀୟ ଅନୁଧ୍ୟାନ ପାଇଁ ଅନୁରୋଧ କରାଯାଇଛି । ଅପରପକ୍ଷରେ ଉକ୍ତ ଅ ଳରେ ପାଇପ୍ ବିଛା ବାବଦକୁ ଗୁଡାଏ ମିଥ୍ୟା ବିଲ୍ ପ୍ରସ୍ତୁତ କରାଯାଇ ଲକ୍ଷ ଲକ୍ଷ ଟଙ୍କା ଆତ୍ମସାତ୍ କରାଯାଇଥିବା କଂଗ୍ରେସ ତରଫରୁ ଅଭିଯୋଗ କରାଯାଇଛି । ପ୍ରତ୍ୟେକ ବାସଗୃହକୁ ସ୍ୱରେଜ୍ ସଯୋଗୀକରଣ ପାଇଁ ସରକାର କିଛି ନିର୍ଦ୍ଦେଶନାମା ଜାରି କରିନଥିବା ବେଳେ ସ୍ଥାନୀୟ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ତାଙ୍କର କିଛି ପୋଷା ଠିକାଦାର ମାଧ୍ୟମରେ ବେଆଇନ୍ ଭାବେ ସ୍ୱରେଜ୍ ସଂଯୋଗୀକରଣ ପାଇଁ ଘର ପିଛା ୨୫ରୁ ୪୦ ହଜାର ଟଙ୍କା ଆଦାୟ କରୁଛନ୍ତି । ତେଣୁ ଏହା ମଧ୍ୟ ଅନୁଧ୍ୟାନ ସାପେକ୍ଷ ବୋଲି କଂଗ୍ରେସ ତରଫରୁ କୁହାଯାଇଛି । ସେହିପରି ବୋର୍ଡ କର୍ତ୍ତୃପକ୍ଷଙ୍କ ଦ୍ୱାରା ନିର୍ମିତ ସ୍ୱରେଜ୍ ଟ୍ରିଟ୍‌ମେଣ୍ଟ ପ୍ଲାଣ୍ଟ ପରିସରରେ ଏଲ୍‌ଆଣ୍ଡଟି କମ୍ପାନୀ ୨ ବର୍ଷ ହେଲା ନିଜ କାର୍ଯ୍ୟାଳୟ ଚଲାଉଥିବା ବେଳେ ୨ଟି କୋଠାକୁ ତାର କର୍ମଚାରୀଙ୍କ ପାଇଁ ଅତିଥି ଭବନ ଭାବେ ବ୍ୟବହାର କରୁଛ । ଏହାର ଭଡା ବାବଦକୁ ଟଙ୍କାଟିଏ ଏଲ୍‌ଆଣ୍ଡଟି କମ୍ପାନୀର ବିଲ୍‌ରୁ କଟାଯାଉନଥିବା ବେଳେ କୋଠାରେ ପାଣି ଓ ବିଜୁଳି ବିଲ୍ ବାବଦକୁ ମାସିକ ଲକ୍ଷାଧିକ ଟଙ୍କା ବୋର୍ଡ କର୍ତ୍ତୃପକ୍ଷ ଭରଣା କରୁଛନ୍ତି । ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀ ପ୍ରତି କାହିଁକି ଏପରି ଅହେତୁକ ଅନୁକମ୍ପା ପ୍ରଦର୍ଶନ କରି ସରକାରଙ୍କ ଲକ୍ଷ ଲକ୍ଷ ଟଙ୍କା ରାଜସ୍ୱ ହାନୀ କରୁଛନ୍ତି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ କୁହାଯାଇଛି । ତେବେ ସ୍ୱରେଜ୍ ପ୍ରକଳ୍ପର ନିର୍ମାଣ କାର୍ଯ୍ୟ ତଦାରଖ ପାଇଁ ରାଜ୍ୟ ସରକାର ସିଙ୍ଗାପୁରର ମେନ୍‌ହରଡାଟ୍ ପ୍ରାଇଭେଟ୍ କମ୍ପାନୀକୁ ୩୪ କୋଟି ଟଙ୍କାରେ ଚୁକ୍ତିବଦ୍ଧ କରିଥିବା ବେଳେ ଉକ୍ତ ସଂସ୍ଥା କ'ଣ ତଦାରଖ କରି କି ରିପୋର୍ଟ ଦେଇଛି ଓ କେତେ ଅର୍ଥ ସେ ବାବଦରେ ସରକାରଙ୍କ ଠାରୁ ନେଇଛି ତାହା ତଦ' ସାପେକ୍ଷ ବୋଲି ସ୍ମାରକପତ୍ରରେ ଉଲ୍ଲେଖ କରାଯାଇଛି । ସମ୍ପ୍ରତି କାର୍ଯ୍ୟ ଅଧପ'ରିଆ ଅବସ୍ଥାରେ ଥିବାବେଳେ ସ୍ୱରେଜ୍ ବୋର୍ଡ କର୍ତ୍ତୃପକ୍ଷ ଏଲ୍‌ଆଣ୍ଡଟି କମ୍ପାନୀକୁ କାର୍ଯ୍ୟ ସମ୍ପୂର୍ଣ୍ଣ ହେବାର ପ୍ରମାଣପତ୍ର ଦେବା ପାଇଁ ପ୍ରସ୍ତୁତି ଚଳାଇଛନ୍ତି । ତେଣୁ ଏହି ଘଟଣାରେ ଅତିରିକ୍ତ ଜିଲ୍ଲାପାଳ ହସ୍ତକ୍ଷେପ କରି ସମସ୍ତ କାର୍ଯ୍ୟ ସମ୍ପୂର୍ଣ୍ଣ ନ ହେବା ପର୍ଯ୍ୟ' ପ୍ରକଳ୍ପର ହସ୍ତା'ର ପ୍ରକ୍ରିୟା ବନ୍ଦ ରଖିବାକୁ ସ୍ମାରକପତ୍ରରେ କଂଗ୍ରେସ ତରଫରୁ ଉଲ୍ଲେଖ କରାଯାଇଛି । ପୂର୍ବତନ ଜିଲ୍ଲା କଂଗ୍ରେସ ସଭାପତି ତଥା ରାଉରକେଲାର ପ୍ରାକ୍ତନ ବିଧାୟକ ପ୍ରାର୍ଥୀ ବିରେନ ସେନାପତି, ବରିଷ୍ଠ ଉପସଭାପତି ଦେବବ୍ରତ ବିହାରୀ, ଅନ୍ୟତମ ଉପସଭାପତି ସ'ୋଷ ବିଶ୍ୱାଳ ଓ କୀର୍ତ୍ତନ ଦାସ, ପୂର୍ବତନ କାର୍ଯ୍ୟକାରୀ ସଭାପତି ସବୀର ହୁସେନ, ପୂର୍ବତନ ପିସିସି ସମ୍ପାଦକ ଗଣେଶ ପ୍ରଧାନ, ଲିଗାଲ ସେଲ୍ ଅଧ୍ୟକ୍ଷ ବିସ୍ମୟ ଦାସ, ଅସଙ୍ଗଠିତ ଶ୍ରମିକ କଂଗ୍ରେସ ଅଧ୍ୟକ୍ଷ ନିହାର ଦାସ, ମହିଳା କଂଗ୍ରେସ ସଭାନେତ୍ରୀ ନିରୂପମା ବଳିୟାରସିଂ, ମୁଖପାତ୍ର କୈଳାସ ସାହୁ, ବ୍ଲକ୍ କଂଗ୍ରେସ ସଭାପତି ପ୍ରଦ୍ୟୁମ୍ନ ଷଡଙ୍ଗୀ, ପୂର୍ବତନ ବ୍ଲକ୍ ସଭାପତି ବିନୋଦ ବିହାରୀ ପଟ୍ଟନାୟକ, ଜିଲ୍ଲା କଂଗ୍ରେସ ସାଧାରଣ ସମ୍ପାଦକ ତୁଳସୀ ନାଗ, କାର୍ଯ୍ୟନିର୍ବାହୀ ସଦସ୍ୟ ଭାସ୍କର ଖିଲ୍ଲାର, ଦିଲ୍ଲୀପ ଜେନା, ସେବାଦଳର ବୁଲୁ ଦାସ, ନରେନ୍ଦ୍ର ବର୍ମା ପ୍ରମୁଖ ଉପସ୍ଥିତ ରହି ସ୍ମାରକପତ୍ର ପ୍ରଦାନ ସହିତ ଆଲୋଚନାରେ ଅଂଶଗ୍ରହଣ କରିଥିଲେ ବୋଲି ଦଳ ତରଫରୁ ଏକ ପ୍ରେସ୍ ବିବୃତିରେ କୁହାଯାଇଛି ।

# ଓଡ଼ିଶାରେ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ୍ ଇଣ୍ଡିଆ କେ ବୋଲ୍ ସିଜିନ-୨ ଶୁଭାରମ୍ଭ

ଭୁବନେଶ୍ୱର (ପିଏନ୍): ଯୁବ କଂଗ୍ରେସ ପକ୍ଷରୁ ରାଷ୍ଟ୍ରୀୟ ଓ ରାଜ୍ୟସ୍ତରୀୟ ଯୁବ ପ୍ରବକ୍ତା ସଂଗ୍ରହ ନିମନ୍ତେ ଭୁବନେଶ୍ୱରରେ 'ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨' ଅଭିଯାନ ଶୁଭାରମ୍ଭ ହୋଇଛି । କାର୍ଯ୍ୟକ୍ରମରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସଭାପତି ଡ. ସ୍ମୃତି ରଂଜନ ଲେଙ୍କା, ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ର ଓଡ଼ିଶା ପ୍ରଭାରୀ ନମ୍ରତା ସୋନୀ, ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରବକ୍ତା ତଥା ଓଡ଼ିଶା ସହ ପ୍ରଭାରୀ ଜାବେଦ ଖାନଙ୍କ ସମେତ ଯୁବ କଂଗ୍ରେସର ଅନ୍ୟ ପ୍ରଦେଶ ପଦାଧିକାରୀମାନେ ଉପସ୍ଥିତ ରହି ଅଭିଯାନର ଶୁଭାରମ୍ଭ କରିଥିଲେ ।

ଏହି ଅବସରରେ ପ୍ରଭାରୀ ନମ୍ରତା ସୋନୀ କହିଲେ ଯେ ୟଙ୍ଗ ଇଣ୍ଡିଆ କେ ବୋଲ ହେଉଛି ଏଭଳି ଏକ କାର୍ଯ୍ୟକ୍ରମ, ଯାହା ମାଧ୍ୟମରେ ଯୁବବର୍ଗ ନିଜ ଅଂଚଳଠାରୁ ଆରମ୍ଭ କରି ଜାତୀୟସ୍ତରୀୟ ବିଭିନ୍ନ ପ୍ରସଙ୍ଗ ଉପରେ ନିଜର ଦୃଢ଼ ମତ ଉପସ୍ଥାପନ କରିବାର ସୁଯୋଗ ପାଇପାରିବେ । ଏହି ପ୍ରକ୍ରିୟା ପାଇଁ ଏକ ଗୁଗୁଲ ଫର୍ମ ଜାରି କରାଯାଇଛି, ଯାହାକି ମେ ୩୧ ସୁଦ୍ଧା ପୂରଣ କରାଯାଇପାରିବ । ଦ୍ୱିତୀୟ ପର୍ଯ୍ୟାୟରେ ଏହି ଅଂଶଗ୍ରହଣକାରୀମାନଙ୍କୁ ନେଇ ଜିଲ୍ଲାସ୍ତରରେ ବିଭିନ୍ନ ବକ୍ତୃତା ପ୍ରତିଯୋଗିତା ଆୟୋଜନ କରାଯିବ । ଏଥିରେ କୃତୀ ପ୍ରତିଯୋଗୀ ପରେ ରାଜ୍ୟସ୍ତରୀୟ ଏବଂ ବିଭିନ୍ନ ରାଜ୍ୟରୁ କୃତକାର୍ଯ୍ୟ ହୋଇଥିବା ପ୍ରତିଯୋଗୀ ଜାତୀୟସ୍ତରୀୟ ପ୍ରତିଯୋଗିତାରେ ଅଂଶଗ୍ରହଣ କରିବେ, ଯାହାକି ଆସନ୍ତା ଅକ୍ଟୋବର ମାସରେ ଅନୁଷ୍ଠିତ ହେବ ।

ସହ ପ୍ରଭାରୀ ଜାବେଦ ଖାନ ସୂଚନା ଦେଇ କହିଲେ ଯେ ସାରା ଦେଶରେ ଯୁବ ପ୍ରତିଭା ଓ ସାହସୀ ଯୁବବର୍ଗଙ୍କୁ ଖୋଜି ବାହାର କରିବା ନିମନ୍ତେ ରାହୁଲ ଗାନ୍ଧିଙ୍କ ଅଭିନବ ପରିକଳ୍ପନା ସ୍ୱରୂପ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ଶୁଭାରମ୍ଭ ହୋଇଛି । ୨୦୨୧ରେ ଭାରତୀୟ ଯୁବ କଂଗ୍ରେସ ପକ୍ଷରୁ ୟଙ୍ଗ ଇଣ୍ଡିଆ କେ ବୋଲ କାର୍ଯ୍ୟକ୍ରମ ମାଧ୍ୟମରେ ୨୭ଜଣ ରାଷ୍ଟ୍ରୀୟ ପ୍ରବକ୍ତା ଓ ୨୫୦ରୁ ଉର୍ଦ୍ଧ୍ୱ ପ୍ରଦେଶସ୍ତରୀୟ ପ୍ରବକ୍ତାଙ୍କୁ ଚୟନ କରାଯାଇଥିଲା । ରାହୁଲ ଗାନ୍ଧିଙ୍କ ଏହି ପରିକଳ୍ପନାକୁ ପୁଣି ଥରେ ସାକାର କରିବା ନିମନ୍ତେ ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ପ୍ରଭାରୀ କ୍ରିଷ୍ଣା ଆଲାବାରୁଙ୍କ ମାର୍ଗ ଦର୍ଶନ ତଥା ଭାରତୀୟ ଯୁବ କଂଗ୍ରେସ ରାଷ୍ଟ୍ରୀୟ ଅଧ୍ୟକ୍ଷ ବି.ଭି ଶ୍ରୀନିବାସଙ୍କ ନେତୃତ୍ୱରେ ଦେଶବ୍ୟାପୀ ୟଙ୍ଗ ଇଣ୍ଡିଆ କେ ବୋଲ ସିଜିନ-୨ ଆରମ୍ଭ ହୋଇଛି । ଗତ ୨୬ ମାର୍ଚ୍ଚରୁ ଯୁବ କଂଗ୍ରେସ ରାଷ୍ଟ୍ରୀୟ କାର୍ଯ୍ୟାଳୟଠାରେ ଉଦ୍‌ଘାଟିତ ହୋଇଥିବା ଏହି ଅଭିଯାନ ବିଭିନ୍ନ ରାଜ୍ୟରେ କରାଯାଉଛି । କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଓଡ଼ିଶା ପ୍ରଦେଶ ଯୁବ କଂଗ୍ରେସ ସମ୍ପାଦକ ଜ୍ଞାନ ରନ ରାଉତ, ବୀରେନ କୁମାର ଦଳେଇ, ଆଶୁତୋଷ ଲେଙ୍କା, ଶ୍ରୀବତ୍ସ ରଥ, ମନିଷା ଦାଶ ପଟ୍ଟନାୟକ, ରାକେଶ ଦାସ, ରିତୁଲ ମହାରଣା, ସୌମ୍ୟରଂଜନ ମିଶ୍ର, ଅକ୍ଷୟ କୁମାର ମଲ୍ଲ, ହରିଶଙ୍କର ଜେନା ପ୍ରମୁଖ ଉପସ୍ଥିତ ଥିଲେ ।

# ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ

ଖୋର୍ଦ୍ଧା (ପିଏନ)- ଖୋର୍ଦ୍ଧା ଜିଲ୍ଲା ସଦର ମହକୁମାରେ ଜିଲ୍ଲା ପ୍ରାଥମିକ ବିଦ୍ୟାଳୟ ଶିକ୍ଷକ ସଂଘର ବୈଠକ ସଭାପତି ଅଗାଧୁ ସେଠୀଙ୍କ ପୌରୋହିତ୍ୟରେ ଅନୁଷ୍ଠିତ ହୋଇଥିଲା । ଏହି ବୈଠକରେ ସରକାରଙ୍କ ଶିକ୍ଷା ଓ ଶିକ୍ଷକ ମାରଣ ନୀତିକୁ ତୀବ୍ର ସମାଲୋଚନା କରିବା ସହ ଦୀର୍ଘ ୬ ବର୍ଷ ଧରି ସରକାରଙ୍କ ପକ୍ଷରୁ ଏ ପର୍ଯ୍ୟନ୍ତ ନୂତନ ଶିକ୍ଷକ ନିଯୁକ୍ତି କରି ନାହାନ୍ତି । ଫଳରେ ବହୁ ଶିକ୍ଷକ ପଦବୀ ଖାଲି ପଡିଥିବାବେଳେ ବିଦ୍ୟାଳୟରେ ଶିକ୍ଷାଦାନ ବାଧାପ୍ରାପ୍ତ ହୋଇପଡିଛି । ସରକାରଙ୍କ ତ୍ରୁଟିପୂର୍ଣ୍ଣ ନୀତି ଯୋଗୁଁ ଗୁଣାତ୍ମକ ମାନ ବୃଦ୍ଧି ପାଇନାହିଁ ବୋଲି ସଂଘ ଅଭିଯୋଗ କରିଛି । ତେବେ ଶିକ୍ଷକମାନଙ୍କର ବିଭିନ୍ନ ସମସ୍ୟାରୁ ଶିକ୍ଷା ଅଧିକାରୀମାନେ ସମାଧାନ କରିପାରି ନାହାନ୍ତି । ସମସ୍ତ ଜିଲ୍ଲାର ଶିକ୍ଷକଙ୍କ ପଦୋନ୍ନତି ଦିଆଯାଇଥିବା ବେଳେ ଖୋର୍ଦ୍ଧା ଜିଲ୍ଲାରେ ଲେବୁଲ୫(କ)ରୁ ୫(ଖ)ରୁ ଲେବୁଲ ୪କୁ ପଦୋନ୍ନତି କରାଯାଉନାହିଁ । ଶିକ୍ଷକମାନଙ୍କୁ ନିଜ ବ୍ଲକକୁ ବଦଳି କରିବା, ବେଗୁନିଆ ବ୍ଲକର ଯେଉଁ ଶିକ୍ଷକମାନଙ୍କର ୧୦ ବର୍ଷ ପୂରଣ ହୋଇଛି ସେମାନଙ୍କୁ ଏମଏସପି ସୁବିଧା ଦେବା, ମାସର ପ୍ରଥମ ଦିନର ଦରମା ପ୍ରଦାନ କରିବା ଓ ଶିକ୍ଷକମାନଙ୍କୁ ଡିଆଇସି ପାସ ବୁକ ପ୍ରଦାନ କରାଯାଉ ନଥିବାରୁ ନେତୃବୃନ୍ଦ ଅସନ୍ତୋଷ ପ୍ରକାଶ କରିଥିଲେ ।

# ଓଡିଶାରେ ବିଲାଇଭର ୫ମ ମଲ୍ଟି ବ୍ରାଣ୍ଡ ଷ୍ଟୋର

ଭୁବନେଶ୍ୱର,(ପି.ଏନ): ସାରା ଦେଶରେ ଏହାର ସମ୍ପ୍ରସାରଣ ପ୍ରୟାସ ଜାରି ରଖିଥିବା ବିଲାଇଭ ଭାରତର ଦ୍ରୁତତମ ବୃଦ୍ଧି ପାଉଥିବା ମଲ୍ଟି ବ୍ରାଣ୍ଡ ଇଲେକ୍ଟ୍ରିକ୍ ଯାନ ପ୍ଲାଟଫର୍ମ,ଏହାରପଞ୍ଚମ ମଲ୍ଟି ବ୍ରାଣ୍ଡ ଷ୍ଟୋର ଓଡିଶାର ବ୍ରହ୍ମପୁରରେ ଖୋଲିଛି । ବିଲାଇଭର କାର୍ଯ୍ୟନିର୍ବାହୀ ନିର୍ଦ୍ଦେଶକ ପ୍ରତୀକ ଦାଶଙ୍କ ସହ ଶ୍ରୀ ସ'ୋଷ କୁମାର ଅଗ୍ରୱାଲ, ଆଶିଷ ଅଗ୍ରୱାଲ ଏବଂ ଷ୍ଟୋର କର୍ମଚାରୀଙ୍କ ଉପସ୍ଥିତିରେ ଏହି ଷ୍ଟୋରକୁ ଉଦଘାଟନ କରିଥିଲେ । ବୈଦୁତିକ ଗତିଶୀଳତା ଏବଂ ଇନ୍ଧନ ମୂଲ୍ୟ ବୃଦ୍ଧିରେ ବିଶ୍ୱ ସଚେତନତା ହେତୁ ଗ୍ରାହକଙ୍କ ଚାହିଦାର ବୃଦ୍ଧିକୁ ନଜରରେ ରଖି ଏହି ଭାରତର ୨୬ ତମ ଇଭି ଷ୍ଟୋରକୁ ଓଡିଶାର ବ୍ରହ୍ମପୁରରେ ଖୋଲାଯାଇଛି । ବିଲାଇଭ ଷ୍ଟୋର ଏକାଧିକ ଇଭି ବ୍ରାଣ୍ଡ, ବିଶେଷଜ୍ଞ ସମର୍ଥନ, ସହଜ ଅର୍ଥ ଏବଂ ରୋମାଞ୍ଚକର ଅଫରରୁ ବିଭିନ୍ନ ପ୍ରକାରର ବୈଦ୍ୟୁତିକ ଯାନ ପ୍ରଦାନ କରେ । ବିଭିନ୍ନ ବୈଦ୍ୟୁତିକ ସ୍କୁଟର, ଚକ, ମୋଟରସାଇକେଲ ଏବଂ ବିତରଣ ଯାନ ପାଇଁ କ୍ରେତାମାନେ ଇଏମଆଇରେ ମାସକୁ ୨,୦୦୦ ରୁ କମ୍ ଚୟନ କରିପାରିବେ । ୨୦ ରୁ ଅଧିକ ଫ୍ରାଞ୍ଚାଇଜ୍ ମାଲିକାନା ଷ୍ଟୋରଗୁଡିକର ଏକ ନେଟୱାର୍କ ସହିତ,ବିଲାଇଭ ୨୫୦୦ ରୁ ଅଧିକ ପରିବାର ଏବଂ ବ୍ୟବସାୟକୁ ବୈଦୁତିକ ଯାନ ମାଧ୍ୟମରେ ସାହାଯ୍ୟ କରିଛି । ଷ୍ଟୋରରେ କିନେଟିକ୍ ଗ୍ରୀନ୍, ହିରୋ ଲେକ୍ଟ୍ରୋ, ଡିଟେଲ, ବ୍ୟାଟ୍‌ରେ, ଜେମୋପାଇ, ଟେଟୋ ଇଲେକ୍ଟ୍ରା, ଇ-ମୋଟୋରଡ ଏବଂ ଅନ୍ୟାନ୍ୟ ବୈଦ୍ୟୁତିକ ଯାନ ପ୍ରଦର୍ଶିତ ହୋଇଛି । ଗ୍ରାହକମାନେ ଷ୍ଟାଇଲିସ୍ ଲୁକ୍ ସହିତ ବହୁ ପ୍ରତୀକ୍ଷିତ ହାଇ ସ୍ପିଡ୍ ଇଭିଗୁଡିକ ମଧ୍ୟରୁ ଗୋଟିଏ ଅନୁଭବ କରିପାରନ୍ତି - ବିଲାଇଭର ମଲ୍ଟି ବ୍ରାଣ୍ଡ ଷ୍ଟୋରରେ ବ୍ୟାଟ୍: ପୁନ ଷ୍ଟୋରୀ । ଏହି ସ୍ମାର୍ଟ ଏବଂ ଅଭିନବ ଇ-ବାଇକ୍ ବ୍ୟାଟ୍‌ରେ ଏହାର ରେ ପ୍ରଥମ ଅଟୋ।ସିଇଓ ତଥା ସହ-ପ୍ରତିଷ୍ଠାତା ସମର ଖୋଲକର କହିଛନ୍ତି ଯେ 'ଓଡିଶାରେ ଭଳି ରାଜ୍ୟରେ ଏକ ନୂତନ ମଲ୍ଟି ବ୍ରାଣ୍ଡ ଅଭିଜ୍ଞତା ଷ୍ଟୋର ସହିତ ଆମର ଉପସ୍ଥିତି ବଢାଇବାକୁ ଆମେ ଉତ୍ସାହିତ । ସତ କହିବାକୁ ଗଲେ, ଆମେ ଓଡିଶାରେ ଏହି ପ୍ରକାରର ଜବରଦସ୍ତ ପ୍ରତିକ୍ରିୟା ପାଇବାକୁ ଆଶା କରିନାହୁଁ; ଆମେ ପ୍ରକୃତରେବ୍ରହ୍ମପୁରର ନୂତନ ଷ୍ଟୋର ଲୋକମାନଙ୍କୁ ଇଲେକ୍ଟ୍ରିକ୍ ଗତିଶୀଳତାପାଇଁ ଇଭିଏସ୍ ଷ୍ଟୋର ହୋମ ଡେମୋକୁ ମଧ୍ୟ ସୁଗମ କରିବ ଏବଂ ଗ୍ରାହକଙ୍କୁ ରୋମାଞ୍ଚକର ଅଫର ଏବଂ ସହଜ ଫାଇନାନ୍ସ ବିକଳ୍ପ ବିଷୟରେ ସୂଚନା ପ୍ରଦାନ କରିବ । 'ଜଳବାୟୁ ପରିବର୍ତ୍ତନ ଚି'।ଧାରାକୁ ନେଇ ବିଶ୍ୱସ୍ତରୀୟ ସଚେତନତା ସହିତ ବୈଦ୍ୟୁତିକ ଗତିଶୀଳତା ବୃଦ୍ଧି ପାଇଁ ଭାରତର ପ୍ରତିବଦ୍ଧତା ଦ୍ୱାରା ରାଜ୍ୟ ସରକାର ଚଳିତ ବର୍ଷ ପ୍ରାରମ୍ଭରେ ଏହାର ଇଭି ନୀତି ପ୍ରକାଶ କରିଛନ୍ତି ଯାହା ଉଭୟ ବ୍ୟକ୍ତିଗତ ଗତିଶୀଳତା ଏବଂ ସାଧାରଣ ପରିବହନ ବିଭାଗରେ ବୈଦ୍ୟୁତିକ ଯାନ ଗ୍ରହଣକୁ ସମର୍ଥନ କରିବ । ଇଭି ନୀତି ମଧ୍ୟ ସ୍ୱଚ୍ଛ ଶକ୍ତି ଉତ୍ସ ଉପରେ ଧ୍ୟାନ ଦେଇ ଇଲେକ୍ଟ୍ରିକ୍ ଭେଇକିଲ୍ ଚାର୍ଜିଂ ଷ୍ଟେସନ୍ ଏବଂ ବ୍ୟାଟେରୀ ସ୍ୱାପିଂ ଷ୍ଟେସନର ଏକନେଟୱାର୍କ ସୃଷ୍ଟି କରିବାକୁ ସକ୍ଷମ କରିବାକୁ ଚେଷ୍ଟା କରେ ।ଚଳିତ ବର୍ଷ ଫେବୃଆରୀରେ ଘୋଷିତ ହୋଇଥିବା ଇଭି ନୀତି ଅନୁଯାୟୀ ମିଶନ ଶକ୍ତି, ବ୍ୟକ୍ତିବିଶେଷ ତଥା ରାଜ୍ୟ ସରକାରୀ କର୍ମଚାରୀଙ୍କ ପାଇଁ ଓଡିଶା ସରକାର ସ୍ୱତନ୍ତ୍ର ଯୋଜନା ଘୋଷଣା କରିଛନ୍ତି । ବ୍ରହ୍ମପୁରରରେ ଥିବା ବିଲାଇଭ ଷ୍ଟୋରର ଆଶିଷ ଅଗ୍ରୱାଲ ଏହି ଉନ୍ମୋଚନ ସମ୍ପର୍କରେ ସୂଚନା ଦେଇ କହିଛନ୍ତି, 'ଆମେ ବିଲାଇଭ ସହ ସହଭାଗୀ ହୋଇ ଗର୍ବିତ ଏବଂ ଓଡିଶାରେ ବୈଦ୍ୟୁତିକ ଗତିଶୀଳତାକୁ ଉତ୍ସାହିତ କରିବା ଦିଗରେ ଆମର ପ୍ରତିବଦ୍ଧତା ପ୍ରଦର୍ଶନ କରୁଛୁ । ଇଭିଏସ୍ ଶୀଘ୍ର ଜନତାଙ୍କ ମଧ୍ୟରେ ଆକର୍ଷିତ ହେବାରେ ଲାଗିଛି, ସେମାନଙ୍କର କାର୍ଯ୍ୟଦକ୍ଷତା ଏବଂ ନିର୍ଭରଯୋଗ୍ୟତା ଉପରେ ସାମାନ୍ୟ ଆଶଙ୍କା ଅଛି । ଆମେ ଲୋକମାନଙ୍କୁ ଅନୁରୋଧ କରୁଛୁ ଯେ ଆମର ବୈଦ୍ୟୁତିକ ଯାନଗୁଡିକର ପରିସର ଅନୁସନ୍ଧାନ କରିବାକୁ ଏବଂ ଇଲେକ୍ଟ୍ରିକ୍ ଗତିଶୀଳତା କାହିଁକି ଘଣ୍ଟାର ଆବଶ୍ୟକତା ଅଟେ ।


## DISPLAY CLASSIFIED

FOR ADVERTISEMENT CONTACT
Phone No. (0674) 2555116/9853400829
Fax: (0674) 2550504
E-mail : paryabekhyak@gmail.com
editorpbkc@gmail.com

TARIFF: 10 c.m.x 4cm: Rs. 8,000/- (One Month)
10c.m.x 4cm: Rs. 350/- (One day)
5c.m.x 4cm: Rs. 5,000/- (One Month)
5c.m.x 4cm: Rs. 200/- (One day)

VED BHAWAN
Creating Peace, Progress & Prosperity
For all Vedic Performances like Rudravishek, Mahalaxmi Pujan, Grahashanti Anusthan, Chandipatha, Vishnu Sahasranama Patha, Birthday Celebration, Griha Prabesh, Vastu Pujan, Bhumi Pujan, Astrological Consultation & Prediction etc.
DO YOU NEED PUNDITS / ASTROLOGERS / VASTU EXPERTS ?
Contact :
Near Mukteswar Temple, Sarbodaya Nagar, Puri.
N-3, B-14/15, MPS Campus, Nayapalli, Bhubaneswar
Ph. 0674-2550786, Fax : 0674-2550504
Email.: yagyaanusthan@sify.com

ADMISSION ON
MPS PLAY HOME
Where awareness nurtured, innocence blossoms.
For
PRE-NURSERY, NURSERY, L.K.G. & U.K.G.
N-3B-14/15, Ekamra Kanan Road,Nayapalli, BBSR
Tel : (0674) 2556225, 2558884, Fax : 2550504
Email : maharishipublicschool@yahoo.com
Web : www.maharishipublicschool.com

Praggyan Communication

Mahaditya Publication

ADMISSION ON
MAHARISHI PUBLIC SCHOOL
your gateway to complete education
For
PRE-NURSERY, NURSERY, L.K.G., U.K.G., Std-1 to Std-VIII
Baghra Road, Baripada
Tel-06792-255227
Email : maharishipublicschool@yahoo.com
Web : www.maharishipublicschool.com




# ପୋଲିସ କାର୍ଯ୍ୟାନୁଷ୍ଠାନ ନେଉ ନଥିବା ଅଭିଯୋଗ

କେନ୍ଦୁଝର(ପିଏନ) ଝୁମ୍ପୁରା ତହସିଲ ଅନ୍ତର୍ଗତ ବସନ୍ତପୁର ପ ାୟତର ନଈବୁଗା ପଂଚାୟତ ରାସ୍ତାକୁ କେତେକ ମୁଷ୍ଟିମେୟ ଲୋକ ଜେସିବି ମେସିନ ଦ୍ୱାରା ରାସ୍ତା କାଟି ଦେବା ଘଟଣାକୁ ନେଇ ବିବାଦ ଘନୀଭୂତ ହେବାରେ ଲାଗିଛି । ଏହି ଘଟଣାକୁ ନେଇ ଚମ୍ପୁଆ ଉପଜିଲ୍ଲାପାଳ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ କରି ରାସ୍ତା କାଟିଥିବା ବ୍ୟକ୍ତିଙ୍କ ବିରୁଦ୍ଧରେ ପଦକ୍ଷେପ ନେବା ପାଇଁ ନିର୍ଦ୍ଦେଶ ଦେଇଛନ୍ତି । ସେହିପରି ଏହି ବେଆଇନ କାମ ପ୍ରତିବାଦରେ ସ୍ଥାନୀୟ ବସନ୍ତପୁର ସରପ ଲିପାରାଣୀ ନାୟକ ବାମେବାରୀ ଥାନାରେ ଲିଖିତ ଏତଲା ଦେଇଥିଲେ ହେଁ ପୋଲିସ ପକ୍ଷରୁ କାର୍ଯ୍ୟାନୁଷ୍ଠାନ ହେଉନଥିବାରୁ ଅସନ୍ତୋଷ ବଢୁଛି । ପ୍ରକାଶ ଯେ, ଉକ୍ତ ଗ୍ରାମ୍ୟ ରାସ୍ତା ୧୯୬୫ ମସିହାରୁ ଓଏମ୍‌ସି ଖଣି ପରିବହନ ପାଇଁ ବ୍ୟବହାର କରାଯାଇ ଆସୁଥିଲା । ସେହି ରାସ୍ତାରେ ଗ୍ରାମବାସୀ ମଧ୍ୟ ଯାତାୟତ କରୁଥିଲେ । ତେବେ ଦୀର୍ଘ ପ୍ରାୟ ୧୦୦ ବର୍ଷ ପରେ ୨ଜଣ ଆଦିବାସୀ ରାଇମଣୀ ଚମ୍ପିଆ ଓ ଜୟରାମ ମୁଣ୍ଡା ଚମ୍ପୁଆ ଉପଜିଲ୍ଲାପାଳଙ୍କ କୋର୍ଟରେ ତାଙ୍କ ଜମି ଉପରେ ମେସର୍ସ ତାରିଣୀ ପ୍ରସାଦ ମହାନ୍ତି ଜବର ଦଖଲ କରି ରାସ୍ତା ନିର୍ମାଣ କରି ଖଣି ପରିବହନ କରୁଥିବା ଅଭିଯୋଗ କରିଥିଲେ । ଅଭିଯୋଗ ପରେ ଏହି ରାସ୍ତା ଉପରେ ଉପଜିଲ୍ଲାପାଳ ଜମି ଚିହ୍ନଟ ପାଇଁ ପାଇଁ ଝୁମ୍ପୁରା ତହସିଲଦାରଙ୍କୁ ଆଦେଶ ଦେଇଥିଲେ । ୨୧ ତାରିଖ ଦିନ ଅତିରିକ୍ତ ତହସିଲଦାରଙ୍କ ଉପସ୍ଥିତିରେ ମାପଚୁପ କରାଯାଇଥିଲା । ଜମି ମାପଚୁପ ବେଳେ ଝୁମ୍ପୁରା ଅତିରିକ୍ତ ତହସିଲଦାର କ୍ରେସନସିୟା ତିର୍କି କହିଥିଲେ ଉପଜିଲ୍ଲାପାଳଙ୍କ ଫାଇନାଲ ଅର୍ଡର ହେବା ପର୍ଯ୍ୟନ୍ତ ଜମି ଯେପରି ଅଛି ସେପରି ରହିବ ଏବଂ ଯେପରି ବ୍ୟବହାର ହେଉଛି ସେପରି ବ୍ୟବହାର ହେବ । କିନ୍ତୁ ତାଙ୍କ ଆଦେଶକୁ ଅବମାନନା କରି କେତେକ ମୁଷ୍ଟିମେୟ ଲୋକ ରାସ୍ତା କାଟି ଦେବା ଫଳରେ ବିବାଦୀୟ ପରିସ୍ଥିତି ଦେଖାଦେଇଛି । ଜେସିବି ମେସିନ ସହାୟତାରେ ରାସ୍ତାକୁ କାଟି ଗାଁକୁ ଯୋଗାଯୋଗ ବିଚ୍ଛିନ୍ନ କରିବା ଫଳରେ ଗାଁ ଅଶାନ୍ତ ହୋଇପଡିଛି । ଏହି ରାସ୍ତା ଉପରେ ଚୁଡିସାହି, ମୁଣ୍ଡାସାହି, ସାକ୍ରାଡିହି, ନଈବୁଗା ଆଦି ୧୦ଟି ସାହି ବିଚ୍ଛିନ୍ନ ହୋଇଯିବା ଫଳରେ ପାଣି,ଆମ୍ବୁଲାନ୍ସ,ଅତ୍ୟାବଶ୍ୟକ ସାମଗ୍ରୀ ଯୋଗାଣରେ ବାଧାପ୍ରାପ୍ତ ହୋଇଥିଲା । ଏହି ବେଆଇନ ରାସ୍ତା ଖୋଳା ନେଇ ସ୍ଥାନୀୟ ସରପ ବାମେବାରୀ ଥାନାରେ ଲିଖିତ ଅଭିଯୋଗ କରିଥିଲେ ମଧ୍ୟ ବାମେବାରୀ ପୋଲିସ ପକ୍ଷରୁ ତତ୍ପରତା ପ୍ରଦର୍ଶନ କରୁନଥିବାରୁ ଉକ୍ତ ଅ ଳ ଅଶାନ୍ତ ହୋଇପଡିଛି । ଗତକାଲି ରାସ୍ତାର ସ୍ଥିତାବସ୍ଥା ଫେରାଇ ଆଣିବାକୁ ଝୁମ୍ପୁରା ତହସିଲଦାର ପ୍ରତିମା ପୃଷ୍ଟି ଏବଂ ଏସ୍‌ଡିପିଓ ବଡବିଲ ହିମାଂଶୁ ବେହେରାଙ୍କ ଉପସ୍ଥିତିରେ ଉଦ୍ୟମ କରିଥିଲେ ହେଁ କିଛି ଅସାମାଜିକ ଲୋକ ଗଣ୍ଡଗୋଳ କରି କାମ କରାଇ ଦେଇନଥିଲେ । ପୋଲିସ ନୀରବଦ୍ରଷ୍ଟା ସାଜି ଚୁପ ବସିଥିବାବେଳେ ଅସାମାଜିକ ଲୋକଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନେଇନଥିଲା । ଏନେଇ ଉପଜିଲ୍ଲାପାଳ ଚମ୍ପୁଆ ପ୍ରତାପ ପ୍ରିତିମୟଙ୍କ ସହ ଯୋଗାଯୋଗ କରିବାରୁ ରାସ୍ତାର ମାପଚୁପ ପାଇଁ କୁହାଯାଇଥିଲା । ଯେଉଁମାନେ ରାସ୍ତା କାଟିଛନ୍ତି ତାଙ୍କ ବିରୁଦ୍ଧରେ କାର୍ଯ୍ୟାନୁଷ୍ଠାନ ନିଆଯିବାକୁ କୁହାଯାଇଛି । ଉପ ଜିଲ୍ଲାପାଳଙ୍କ ନିର୍ଦ୍ଦେଶ ସ େ ପୋଲିସ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରୁନଥିବାରୁ ଗତକାଲି ରାତିରେ କିଛି ଲୋକ ଉକ୍ତ ରାସ୍ତାକୁ ପୁଣି ଥରେ ହାଣି ଦେଇଥିବାରୁ ଯାତାୟତ ବ୍ୟାଘାତ ହୋଇଛି । ସରପ ଙ୍କ ଅଭିଯୋଗ ଅନୁଯାୟୀ ବ୍ରହ୍ମେଶ୍ୱର ମହାକୁଡ,ସୁବାସ ମହାକୁଡ,ମଦନ ମୋହନ ବେହେରା,ସୁବ୍ରତ ପଲେଇଙ୍କ ସମେତ ଅନ୍ୟମାନେ ତାଙ୍କୁ ଜାତିଆଣ ଗାଳିଗୁଲଜ କରିବା ସହ ୨ଟି ଜେସିବି ମେସିନ ସାହାଯ୍ୟରେ ରାସ୍ତା କାଟିଥିବା ନେଇ ଅଭିଯୋଗ କରିଛନ୍ତି । ଦୁଇ ଦୁଇ ଥା ରାସ୍ତା କାଟିବା ପରେ ଅଭିଯୋଗ ପରେ ପୋଲିସ କାର୍ଯ୍ୟାନୁଷ୍ଠାନ ନେଉନଥିବାରୁ ସ୍ଥାନୀୟ ଗ୍ରାମବାସୀ ଜିଲ୍ଲାପାଳ ଏବଂ ଆରକ୍ଷୀ ଅଧିକ୍ଷକଙ୍କ ଦ୍ୱାରସ୍ଥ ହେବେ ବୋଲି କହିଛନ୍ତି । କିଛି ଖଳ ପ୍ରକୃତିର ଲୋକ ପରିବହନ କାର୍ଯ୍ୟ ହାତେଇବା ପାଇଁ ଆଦିବାସୀଙ୍କୁ ଢାଲ କରି ବାରମ୍ବାର ଗଣ୍ଡଗୋଳ କରୁଥିବା ଟିପି ମହାନ୍ତି ଖଣିର ପରିଚାଳକ ଇଂ ଚନ୍ଦ୍ରଶେଖର ଜେନା ପ୍ରକାଶ କରିଛନ୍ତି ।

# ଡଃ.ଶ୍ରୀଧର ସାମଲଙ୍କ କବିତା ସଙ୍କଳନ ପୁସ୍ତକ ନିଃଶବ୍ଦ ଆଳାପ ଲୋକାର୍ପିତ

କେନ୍ଦ୍ରାପଡା,(ପିଏନ)- କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ପ୍ରାଧ୍ୟାପକ ଡଃ.ଶ୍ରୀଧର ସାମଲଙ୍କ ଦ୍ୱାରା ରଚିତ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଶୁକ୍ରବାର ସ୍ଥାନୀୟ ଭାରତୀ ବିଦ୍ୟା ମନ୍ଦିର ପରିସରରେ ଅନୁଷ୍ଠିତ ଉତ୍ସବରେ ଲୋକାର୍ପଣ କରାଯାଇଛି । ଏହି ଉପଲକ୍ଷେ ଅବସରପ୍ରାପ୍ତ ପ୍ରାଧ୍ୟାପକ ମୋହନ ଚରଣ ଜେନାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଭୁବନେଶ୍ୱରର ବନଫୁଲ ପ୍ରକାଶନୀ ଦ୍ୱାରା ପ୍ରକାଶିତ ପୁସ୍ତକ ଲୋକାର୍ପଣ ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଅଧ୍ୟକ୍ଷ ପ୍ରାଧ୍ୟାପକ ଡଃ.ରାଜେନ୍ଦ୍ର ପ୍ରସାଦ ତ୍ରିପାଠୀ, ପ୍ରାଧ୍ୟାପକ ନନ୍ଦ କିଶୋର ପରିଡା, ଓଡିଶା ସାହିତ୍ୟ ଏକାଡେମୀର ସଦସ୍ୟ ସରୋଜ କୁମାର ମହାନ୍ତି, ସାହିତ୍ୟିକ ଡଃ.ବାସୁଦେବ ଦାସ, ପ୍ରାଧ୍ୟାପକ ତପନ କୁମାର ପତି ପ୍ରମୁଖ ଯୋଗଦେଇ କବି ଡଃ.ସାମଲଙ୍କ ରଚିତ କବିତା ସଙ୍କଳନ ପୁସ୍ତକ "ନିଃଶବ୍ଦ ଆଳାପ"କୁ ଲୋକାର୍ପିତ କରିଥିଲେ । ପୁସ୍ତକ ରଚୟିତା ଡଃ.ସାମଲ ଏକାଧାରରେ ଜଣେ କବି, ପ୍ରାବନ୍ଧିକ,ସୁବକ୍ତା ଓ ପ୍ରକୃତିପ୍ରିୟ ମଣିଷ । ବିଶ୍ୱ ବିଖ୍ୟାତ ପର୍ଯ୍ୟଟନକ୍ଷେତ୍ର ଭିତରକନିକା ଉପରେ ନିବନ୍ଧ ରଚନା କରିବା ସହ ଆକାଶବାଣୀ,କଟକ କେନ୍ଦ୍ରରେ ସୁବକ୍ତା ଭାବରେ ତାଙ୍କର ଉପଲବ୍ଧି ସବୁଠି ରହିଛି । ତାଙ୍କର ଅନେକ ନିବନ୍ଧ ଜାତୀୟ ଓ ଅନ୍ତର୍ଯ୍ୟାତୀୟ ପତ୍ରପତ୍ରିକାରେ ପ୍ରକାଶ ପାଇ ବିପୁଳ ପାଠକୀୟତା ଅର୍ଜନ କରିଛି । ଡଃ.ସାମଲ ଅଧୁନା କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଭୁଗୋଳ ବିଭାଗର ପ୍ରାଧ୍ୟାପକ ତଥା ବିଭାଗୀୟ ମୁଖ୍ୟ ଭାବେ କାର୍ଯ୍ୟରତ ଓ ଇନ୍ଦିରାଗାନ୍ଧୀ ଜାତୀୟ ମୁକ୍ତ ବିଶ୍ୱ ବିଦ୍ୟାଳୟ(ଇଗ୍ନୋ), ନୂଆଦିଲ୍ଲୀର ସଂଯୋଜକ ଏବଂ ଓଡିଶା ସରକାରଙ୍କ ବାଳିକା ଆତ୍ମ ସୁରକ୍ଷା କାର୍ଯ୍ୟକ୍ରମର ଜିଲ୍ଲା ସଂଯୋଜକ ଅଛନ୍ତି । ତାଙ୍କର ଏହି ଭିନ୍ନ ସ୍ୱାଦର କବିତା ସଙ୍କଳନଟି ପାଠକ ମହଲରେ ବିଶେଷ ଆଦୃତ ହେବ ବୋଲି ବକ୍ତାମାନେ ମତବ୍ୟକ୍ତ କରିଥିଲେ । ଅନ୍ୟମାନଙ୍କ ମଧ୍ୟରେ ଏହି ଉତ୍ସବରେ କେନ୍ଦ୍ରାପଡା ସ୍ୱୟଂ ଶାସିତ ମହାବିଦ୍ୟାଳୟର ଉପାଧ୍ୟକ୍ଷ ପ୍ରଫେସର ଗୋପାଳ ଚନ୍ଦ୍ର ବେହେରା, ମାର୍ଶାଘାଇ ମହାବିଦ୍ୟାଳୟର ଅଧକ୍ଷ ଡଃ. ଅମୀୟ ଜେନା, ପ୍ରାଧାପକ ଜତୀନ୍ଦ୍ର କୁମାର ରାଉତ, ତ୍ରିଲୋଚନ ପ୍ରଧାନ, କବି ପ୍ରେମାନନ୍ଦ ଖଣ୍ଡୁଆଳ, ବୃନ୍ଦାବନ ଦାସ, ନଳିନୀ ବେହେରା, କ୍ରୀଡା ଶିକ୍ଷକ ଜ୍ୟୋତିର୍ମୟ ଦାସ ପ୍ରମୁଖ ବହୁ ସାହିତ୍ୟପ୍ରେମୀ ଓ ବିଶିଷ୍ଟବ୍ୟକ୍ତିମାନେ ଉପସ୍ଥିତ ଥିଲେ ।

# ଜୀବନ କୌଶଳ ଶିକ୍ଷା ମାଧ୍ୟମରେ ରକ୍ତହୀନତା ଦୂର ନିମନ୍ତେ ପ୍ରୟାସ

କନ୍ଧମାଳ,(ପିଏନ)- କନ୍ଧମାଳ ଜିଲ୍ଲାର ଅପହଂଚ ଇଲାକା ବାଲନ୍ଦାପଡା, ଲୁଇସିଙ୍ଗି, କୁଏରମାଣ୍ଡୁ ଓ ପାହିରାଜୁ ଅଂଚଳର ୪୦ ଜଣ କିଶୋରୀ ବାଳିକାଙ୍କୁ ନେଇ ୨ ଦିନିଆ ଜୀବନ କୌଶଳ ଶିକ୍ଷା ସମ୍ବନ୍ଧୀୟ ତାଲିମ୍ ଆୟୋଜିତ ହୋଇଯାଇଅଛି । ସ୍ୱେଚ୍ଛାସେବୀ ଅନୁଷ୍ଠାନ ସ୍ୱାତୀ ଓ କ୍ରାଏ, କୋଲକାତାଙ୍କ ମିଳିତ ସହଯୋଗରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଶିଶୁ ମାନଙ୍କର ଅଧିକାର, ଯୌନ ପ୍ରଜନନ ସ୍ୱାସ୍ଥ୍ୟ, ସ୍ୱାସ୍ଥ୍ୟ ଓ ପୁଷ୍ଟି ଶିକ୍ଷା, ଫଳପ୍ରଦ ଯୋଗାଯୋଗ, ଆବେଗ ଜନିତ ଶିକ୍ଷା, ହିଂସା ଓ ଏହାର ପ୍ରକାର ଭେଦ ଇତ୍ୟାଦି ବିଷୟକୁ ଗୁରୁତ୍ୱ ଦେଇ କିଶୋରୀ ମାନେ ଆଗାମୀ ଦିନରେ କିପରି ସୁସଂଗଠିତ ହୋଇ ବାଲ୍ୟ ବିବାହ ଓ ମହିଳା ମାନଙ୍କ ଉପରେ ହେଉଥିବା ଅତ୍ୟାଚାରକୁ ରୋକି ପାରିବେ ତାହା ପ୍ରୟାସ କରାଯାଇଥିଲା । ତାଲିମର ଉଦ୍‌ଯାପନି ଦିବସରେ ଫିରିଙ୍ଗିଆ ସମନ୍ୱିତ ଶିଶୁ ବିକାଶ ପ୍ରକଳ୍ପ ଅଧିକାରିଣୀ ଶ୍ରୀମତୀ ମଞ୍ଜୁଳା ପ୍ରଧାନ ଯୋଗଦେଇ ଜୀବନ କୌଶଳ ଶିକ୍ଷା ମାଧ୍ୟମରେ କିଶୋରୀମାନେ ସଚେତନ ହୋଇ ଅଙ୍ଗନୱାଡି କେନ୍ଦ୍ରକୁ ଆସୁଥିବା ବିଭିନ୍ନ ସୁବିଧା ସୁଯୋଗକୁ ହାତେଇ ପାରିବେ ତା ଉପରେ ଗୁରୁତ୍ୱ ଦେଇଥିଲେ । ତତ୍ ସହିତ ପ୍ରତି ସପ୍ତାହର ଶନିବାର ଅଙ୍ଗନୱାଡି କେନ୍ଦ୍ରରେ ଆୟୋଜିତ ହେଉଥିବା କିଶୋରୀ ସ୍ୱାସ୍ଥ୍ୟ ଦିବସରେ ଅଧିକରୁ ଅଧିକ ଯୋଗଦାନ କରି ସ୍ୱାସ୍ଥ୍ୟ ସମ୍ପର୍କୀତ ଶିକ୍ଷା ଗ୍ରହଣ କରିବା ସହିତ ରକ୍ତହୀନତା ଦୂର କରିବା ପାଇଁ ଲୌହ ବଟିକା ନିୟମିତ ସେବନ ନିମନ୍ତେ ଆହ୍ୱାନ ଦେଇଥିଲେ । ଏଥି ସହିତ ବନ୍ଧଗଡ ସେକ୍ଟରର ସୁପରଭାଇଜର ଶ୍ରୀମତି ସଜିତା ସାହୁ ଯୋଗଦେଇ କୋରୋନା ସମୟରେ ସରକାରଙ୍କର ନିୟମକୁ ମାନି ସାମାଜିକ ଦୂରତା, ମାସ୍କର ନିଶ୍ଚିତ ବ୍ୟବହାର ଓ ବାରମ୍ବାର ହାତ ଧୋଇବା ସହିତ ସମସ୍ତ ପ୍ରକାରର ପ୍ରତିଷେଧକ ବ୍ୟବସ୍ଥା ଗ୍ରହଣ କରିବା ନିମନ୍ତେ ପରାମର୍ଶ ଦେଇଥିଲେ । ସ୍ୱାତୀର ସମ୍ପାଦକ ଇଂ ହରିଶଙ୍କର ରାଉତ ଉପସ୍ଥିତ ରହି ତାଲିମାର୍ଥୀ ମାନଙ୍କୁ ଜୀବନରେ ବିଭିନ୍ନ ସମୟରେ ଆସୁଥିବା ସଙ୍କଟ ଓ ମହିଳା ମାନଙ୍କ ଉପରେ ଲଦିଦିଆଯାଉଥିବା ଅଧିକ ଦାୟିତ୍ୱକୁ କିଭଳି ତୁଲାଇବାକୁ ହୁଏ ତାହା ଆଶା କର୍ମୀ ଓ ଅଙ୍ଗନୱାଡି କର୍ମୀଙ୍କ ନିକଟରୁ ଶିଖିବା ନିମନ୍ତେ ଉପଦେଶ ଦେଇଥିଲେ ।

# ଅଜଣା ରୋଗ ନେଲାଣି ୭ ଜୀବନ, ଗୁଣିଆ ଭରଷାରେ ଗ୍ରାମବାସୀ

ମାଲକାନଗିରି, (ପିଏନ)- ମାଲକାନଗିରି ଜିଲ୍ଲାର କାଳିମେଳା ବ୍ଲକ ଅନ୍ତର୍ଗତ ଦୁର୍ଗମ ସାନଟେକଗୁଡା ଗ୍ରାମରେ ଅଜଣା ରୋଗରେ ଯାଇଛି ୭ ଗ୍ରାମବାସୀଙ୍କ ଜୀବନ । ଗ୍ରାମରେ ଏହି ଘଟଣାକୁ ନେଇ ଏକ ପ୍ରକାର ଆତଙ୍କ ଖେଳିଯାଇଥିବା ବେଳେ ଗୁଣିଆ ସାଜିଛି ଏକ ମାତ୍ର ସାହା ଭରସା ! କାଳିମେଳା ବ୍ଲକ ଦୁର୍ଗମ ଅଂଚଳ ଭାବରେ ପରିଚିତ ସାନଟେକଗୁଡା ଗ୍ରାମରେ ୫୨ ଆଦିବାସୀ ସମ୍ପ୍ରଦାୟ ର ଲୋକେ ବସବାସ କରୁଛନ୍ତି ! ସେମାନଙ୍କ ପାଇଁ ବିଶୁଦ୍ଧ ପାଣି ସାତସପନ ପାଲଟିଛି । ଗ୍ରାମରେ ଥିବା ନଳକୂଅ ପାଣି ପିଇବା ଉପଯୋଗି ନୁହେଁ । ସେଥିରେ ନାଲି ରଙ୍ଗର ଗୋଳିଆ ପାଣି ବାହାରୁଛି । ଲୋକ ମାନେ ବାଧହୋଇ ଏହି ଗୋଳିଆ ପାଣି ପିଇ ମୃତ୍ୟୁମୁଖରେ ପଡୁଥିବାର ଦେଖିବାକୁ ମିଳିଛି ।ଏଥି ସହିତ ଗ୍ରାମବାସୀମାନେ ନିକଟସ୍ଥ ନାଳ ଓ ଝରଣା ପାଣି ମଧ ପିଇବାକୁ ବାଧ ହେଉଛନ୍ତି । ଗ୍ରାମରେ ୩ ବର୍ଷ ତଳେ ୨ଲକ୍ଷ ଟଙ୍କା ବ୍ୟୟରେ ଏକ ପାନୀୟ ଜଳ ପ୍ରକଳ୍ପ ହୋଇଥିଲେ ମଧ ତାହା ଏବେ ଅକାମୀ ହୋଇପଡ଼ି ରହିଛି । ଫଳରେ ସାନଟେକଗୁଡା ଗ୍ରାମବାସୀ ବିଶୁଦ୍ଧ ପାଣି ଟୋପାଏ ପାଇପାରୁ ନଥିବାର ଅଭିଯୋଗ କରିଛନ୍ତି । ଏହି ଦୂଷିତ ପାଣି ପିଇ ପ୍ରାୟ ୨ମାସଭିତରେ ୭ରୁ ଊର୍ଦ୍ଧ୍ୱ ଲୋକଙ୍କ ଜୀବନ ଗଲାଣି । -ସାନଟେକଗୁଡା ଗ୍ରାମରେ ଗତ ୨ମାସ ଭିତରେ ୭ରୁ ଊର୍ଦ୍ଧ୍ୱ ଲୋକଙ୍କର ଜୀବନ ଯାଇଥିଲେ ମଧ ଲୋକମାନେ ଏବେ ବି ସଚେତନ ହୋଇନାହାନ୍ତି । ପାଣି ପିଇ ଯଦି କାହାର ଦେହ ଖରାପ ହୁଏ ଗୁଣିଆ ଦ୍ୱାରା ରୋଗୀମାନଙ୍କୁ ଝଡାଫୁଙ୍କା କରା ଯାଉଥିବାର ଦୃଶ୍ୟ ଦେଖିବାକୁ ମିଳିଛି । ଲୋକମାନେ ଡ଼ାକ୍ତରଖାନାଯିବା ପରିବର୍ତେ ଗୁଣିଆ ନିକଟକୁ ଯିବାର ଦେଖି ବାକୁ ମିଳିଛି। ଏହି ଗ୍ରାମବାସୀଙ୍କ ନିକଟରେ ଏ ପଯ୍ୟନ୍ତ ପହଂଚି ନାହିଁ ନି କୋଣସି ସରକାରୀ ସଚେତନତା । ଯାହା ଫଳରେ ଏହି ଗ୍ରାମରେ ଲୋକମାନେ ଗୁଣିଗାରେଡି ଉପରେ ଭରସା କରି ଆସୁଛନ୍ତି ।

# ଦୁର୍ନୀତି ବିରୋଧରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ ଦାବି କଲେ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳର ଅଧାପକ ଓ ଅଧାପିକା

ବାରିପଦା, (ପିଏନ)-ମୟୂରଭଞ୍ଜ ଜିଲ୍ଲା ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଭାରପ୍ରାପ୍ତ ଅଧକ୍ଷ ଆଦିକନ୍ଦ ଦେଙ୍କ ବିରୋଧରେ ମହାଦୁର୍ନୀତିର ଅଭିଯୋଗ ଆଣି ଘଟଣା ଉପରେ ଜିଲ୍ଲାପାଳଙ୍କ ହସ୍ତକ୍ଷେପ କରିବା ଦାବିରେ ଆଜି ମହାବିଦ୍ୟାଳୟର ଅରବିନ୍ଦ ସେଠୀ, ସମୀର କୁମାର ନାୟକ, ହରପ୍ରିୟା ବେହେରା, ଗୀତିକା ଜେନା, ଜ୍ୟୋତିଶା ମାଝି, ମଧୁସ୍ମିତା ପାତ୍ର, ମନୋଜ ଦଳେଇ, ଗୌରାଙ୍ଗଚନ୍ଦ୍ର ମହାପାତ୍ର, ରାଜୀବ କୁମାର ଗିରି, ତପନ କୁମାର ସାହୁ, ଶୁଭଶ୍ରୀ ନନ୍ଦ, ବିପୀନ ବିହାରୀ ସିଂ, ପଙ୍କଜ କୁମାର ପଣ୍ଡା ପ୍ରମୁଖ ଅଧାପକ, ଅଧାପିକା ପ୍ରମୁଖ ଜିଲ୍ଲାପାଳ ଶ୍ରୀଭରଦ୍ୱାଜଙ୍କୁ ସାକ୍ଷାତ କରି ଏକ ସ୍ମାରକପତ୍ର ପ୍ରଦାନ କରିଥିଲେ । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧାପକ ଓ ଅଧାପିକାମାନଙ୍କ ଅଭିଯୋଗ ଆଧାରରେ ଅଧକ୍ଷ ଶ୍ରୀଦେ ଶହେ କିମ୍ବା ହଜାରେ ନୁହେଁ, ଲକ୍ଷ ଲକ୍ଷ ଟଙ୍କାର ଦୁର୍ନୀତି କରିଛନ୍ତି । ସମସ୍ତଙ୍କୁ ଚୁନ ଲଗାଇ ଏହି ସମସ୍ତ ଟଙ୍କାକୁ ଚଲୁ କରିଛନ୍ତି ମହାବିଦ୍ୟାଳୟର ଅଧକ୍ଷ । ତାହା ପୁଣି ୟୁଜିସି ପକ୍ଷରୁ ମହାବିଦ୍ୟାଳୟକୁ ଆସିଥିବା ଅନୁଦାନ ସହ ମହାବିଦ୍ୟାଳୟରେ କାର୍ଯ୍ୟରତ ଅଧାପକ, ଅଧାପିକ ଓ କର୍ମଚାରୀମାନଙ୍କ ଏରିଆର ଟଙ୍କା, ଅନୁସୂଚିତ ଜାତି ଓ ଜନଜାତି ଛାତ୍ରଛାତ୍ରୀମାନଙ୍କ ଷ୍ଟାଇପେଣ୍ଡ ଟଙ୍କା ସହ ମହାବିଦ୍ୟାଳୟର ପାଣ୍ଠି ଆଦି । ଏହାକୁ ନେଇ ବିବାଦ ଘେରରେ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେ । ଏହି ସମସ୍ତ ଅଭିଯୋଗକୁ ନେଇ ମହାବିଦ୍ୟାଳୟର ଅଧାପକ ସମୀର ରଞ୍ଜନ ନାୟକ ମୁଖ୍ୟମନ୍ତ୍ରୀଙ୍କୁ ନିକଟରେ ଅଭିଯୋଗ କରିଥିଲେ ଏବଂ ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ କପ୍ତିପଦା ଉପଜିଲ୍ଲାପାଳ ଭଗବାନ ବେହେରା ଗତ କାଲି ଉଦଳା ଥାନା ଅନ୍ତର୍ଗତ ରାଢ଼ୋ ଲୁଇପା ଡ଼ଗ୍ରୀ ମହାବିଦ୍ୟାଳୟରେ ପହଁଞ୍ଚିଥିଲେ । ଉପଜିଲ୍ଲାପାଳ ତଦନ୍ତ ଶେଷ କରି ଫେରିବା ସମୟରେ ମହାବିଦ୍ୟାଳୟର ଫାଟକ ସମ୍ମୁଖରେ ତଦନ୍ତ ରିପୋର୍ଟ ସାର୍ବଜନୀନ କରାଯିବା ଦାବିରେ ମହାବିଦ୍ୟାଳୟର ଛାତ୍ର ଓ ଅନ୍ୟ ଜଣେ ସ୍ଥାନୀୟ ବ୍ୟକ୍ତି ଜାତୀୟ ପତକା ଧରି ରାସ୍ତା ଅବରୋଧ କରିବା ସହ ଗାଡ଼ି ସମ୍ମୁଖରେ ଶୋଇ ଧାରଣାରେ ବସିଥିଲେ । ଉକ୍ତ ଘଟଣାରେ ଆଜି ଉଦଳା ଥାନା ଦାୟିତ୍ୱରେ ଥିବା ଖୁଣ୍ଟା ଥାନା ଆଇଆଇସି ସ୍ୱର୍ଣ୍ଣଲତା ମିଞ୍ଜି ଅଧାପକ ମନ୍ମଥ କୁମାର ପଣ୍ଡା(୪୮), ସୁଶାନ୍ତ କୁମାର ମଲ୍ଲିକ(୨୦) ଓ ରଞ୍ଜିତ୍ କୁମାର ବିଶ୍ୱାଳ(୨୪)ଙ୍କୁ ଆଇପିସି ଧାରା ୩୪୧, ୩୪୨, ୩୫୩, ୨୬୮, ୨୬୯, ୨୭୦, ୧୮୬, ୧୮୮ ଓ ୩୪ ସହ ୧୯୮୭ ମହାମାରୀ ଆକ୍ଟ-୩ ଓ ବିପର୍ଯ୍ୟୟ ପରିଚାଳନା ଆକ୍ଟ-୨୦୦୫ ଧାରା ୫୬ରେ (କେଶ ନମ୍ବର ୨୩୯/୨୦୨୦) ଗିରଫ କରି କୋର୍ଟ ଚାଲାଣ କରିଥିବା ସମୟରେ ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ଥାନାରେ ଦେଇଥିବା ଅଭିଯୋଗ ଉପରେ ଅଦ୍ୟାବଧି କୌଣସି କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯାଇ ପାରିନାହିଁ । ଅଧିକନ୍ତୁ, ବିଭିନ୍ନ ସମୟରେ ବାହାରର ବ୍ୟକ୍ତି ଓ ମହିଳାମାନଙ୍କୁ ଲଗାଇ ଅଧକ୍ଷ ଶ୍ରୀଦେ ମହାବିଦ୍ୟାଳୟ ପରିସରରେ ଅଧାପକ, ଅଧାପିକାମାନଙ୍କୁ ଧମକଚମକ ଦେବା ସହ ଜଣେ ଅନୁସୂଚିତ ଜନଜାତି ସମ୍ପ୍ରଦାୟର ଅଧାପିକା ମହାବିଦ୍ୟାଳୟକୁ ଆସୁଥିବା ସମୟରେ ରାସ୍ତାରେ ଲୋକ ଲଗାଇ ଜାତିଆଣା ଆକ୍ଷେପ ସହ ଅଶାଳୀନ ଭାଷାରେ ଗାଳିଗୁଲଜ ଓ ଧମକ ଚମକ ଦେଇଥିଲେ । କେବଳ ଏତିକି ନୁହେଁ ଅଧକ୍ଷ ଶ୍ରୀଦେ ତାଙ୍କ ଭାଇ ଓ ପୁଅଙ୍କୁ ମହାବିଦ୍ୟାଳୟରେ ନିଯୁକ୍ତି ପ୍ରଦାନ କରିଛନ୍ତି । ସେମାନେ ମହାବିଦ୍ୟାଳୟକୁ ଆସୁନଥିବା ବେଳେ ପ୍ରତ୍ୟେକ ମାସ ଦରମା ଉଠାଯାଉଛି । ପୁଣି କେତେକ ଅଧାପକଙ୍କ ଅଗୋଚରରେ ସ୍ୱାକ୍ଷରକୁ ନକଲ କରି କରାଯାଇ ଟଙ୍କା ଉଠାଯାଇଛି । ଲୁଇପା ଡ଼ିଗ୍ରୀ ମହାବିଦ୍ୟାଳୟର ଅଧକ୍ଷ ଶ୍ରୀଦେଙ୍କ ନାମରେ ଏହିପରି ବିଭିନ୍ନ ସଙ୍ଗୀନ ଅଭିଯୋଗ ଆଣି ମହାବିଦ୍ୟାଳୟର ଅଧାପକ, ଅଧାପିକାମାନେ ବାରମ୍ବାର ମୁଖ୍ୟମନ୍ତ୍ରୀଙ୍କ ଦୃଷ୍ଟି ଆକର୍ଷଣ କରିଆସୁଥିବା ସମୟରେ ଆଜି ଜିଲ୍ଲାପାଳଙ୍କୁ ଭେଟି ନିଜର ଅଭିଯୋଗ ଜଣାଇଛନ୍ତି । ତେବେ ଏହାର ଶେଷ କେଉଁଠି ତାହାକୁ ନେଇ ଉଠିଛି ପ୍ରଶ୍ନ । ଅଧକ୍ଷ ଓ ଅଧାପକମାନଙ୍କ ମଧ୍ୟରୁ ବଳି ପଡ଼ିବ କିଏ । ଏହି ବିବାଦ ମଧ୍ୟରେ ସତ୍ୟର ଜୟ ହେଉଛି ନା ଅସତ୍ୟର ଜୟ ହେଉଛି , ତାହା କେବଳ ପରବର୍ତି ସମୟ ହିଁ କହିବ ।


2024-2025



ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

Special discount for new admission before 15.03.2023

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on
Facebook.com/Mps, Baripada

ଖେଳ

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

୨୬ ବର୍ଷରେ

Bhubaneswar Saturday March 23, 2024 | ଭୁବନେଶ୍ୱର ଶନିବାର, ମାର୍ଚ୍ଚ ୨୩,୨୦୨୪ | Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 | www.paryabekhyak.com



## କିସ୍ ବିଶ୍ୱବିଦ୍ୟାଳୟକୁ ନାକ୍‌ର 'ଏ' ଗ୍ରେଡ୍ ମାନ୍ୟତା



ଭୁବନେଶ୍ୱର,(ପି.ଏନ): କିସ୍ ବିଶ୍ୱବିଦ୍ୟାଳୟକୁ ନ୍ୟାସନାଲ୍ ଆସେସ୍‌ମେଣ୍ଟ ଆଣ୍ଡ ଆକ୍ରିଡିଟେସନ୍ କାଉନ୍‌ସିଲ୍ (ନାକ୍) ପକ୍ଷରୁ 'ଏ' ଗ୍ରେଡ୍ ମାନ୍ୟତା ପ୍ରଦାନ କରାଯାଇଛି। କିସ୍ ବିଶ୍ୱବିଦ୍ୟାଳୟ ପ୍ରଥମ ଥର ନାକ୍‌ର 'ଏ' ଗ୍ରେଡ୍ ମାନ୍ୟତା ପାଇଛି। ଦେଶର କୌଣସି ମହାବିଦ୍ୟାଳୟ, ବିଶ୍ୱବିଦ୍ୟାଳୟ ପ୍ରଥମ ଥରରେ ନାକ୍‌ର 'ଏ' ଗ୍ରେଡ୍ ମାନ୍ୟତା ପାଇବା କ୍ଷେତ୍ରରେ କିସ୍ ବିଶ୍ୱବିଦ୍ୟାଳୟ ହେଉଛି ପ୍ରଥମ ଶିକ୍ଷାନୁଷ୍ଠାନ। ୨୦୧୭ ମସିହାରେ ଭାରତ ସରକାରଙ୍କ ଶିକ୍ଷା ମନ୍ତ୍ରାଳୟ ପକ୍ଷରୁ କିସ୍‌କୁ ବିଶ୍ୱବିଦ୍ୟାଳୟ ମାନ୍ୟତା ପ୍ରଦାନ କରାଯାଇଥିଲା। କିସ୍ ବିଶ୍ୱବିଦ୍ୟାଳୟକୁ ପ୍ରଥମ ଥର ନାକ୍‌ର 'ଏ' ଗ୍ରେଡ୍ ମାନ୍ୟତା ମିଳିଥିବାରୁ ଶିକ୍ଷାବିତ୍‌ମାନେ ଖୁସି ବ୍ୟକ୍ତ କରିଛନ୍ତି। କିସ୍ ବିଶ୍ୱବିଦ୍ୟାଳୟ ଠିକ୍ ସମୟରେ ନାକ୍ ମାନ୍ୟତା ପାଇଁ ଆବେଦନ କରି ପ୍ରଥମ ଥରରେ ନାକ୍‌ର 'ଏ' ଗ୍ରେଡ୍ ମାନ୍ୟତା ପାଇବା ହେଉଛି ଏକ ବଡ଼ ସଫଳତା। ଏହା କିସ୍ ବିଶ୍ୱବିଦ୍ୟାଳୟରେ ଗୁଣାତ୍ମକ ଶିକ୍ଷା ପ୍ରଦାନ କରାଯାଉଥିବା ସୂଚୀତ କରୁଛି ବୋଲି ଶିକ୍ଷାବିତ୍‌ମାନେ କହିଛନ୍ତି। କିସ୍‌ର ଏହି ସଫଳତାରେ କିଟ୍ ଓ କିସ୍ ପ୍ରତିଷ୍ଠାତା ଅଚ୍ୟୁତ ସାମନ୍ତ ଖୁସି ବ୍ୟକ୍ତ କରିବା ସହ ଏଥିପାଇଁ କିସ୍ ବିଶ୍ୱବିଦ୍ୟାଳୟର ଅଧ୍ୟାପକ, ଅଧ୍ୟାପିକା, କର୍ମଚାରୀ, ଛାତ୍ରଛାତ୍ରୀ ଓ ଶୁଭେଚ୍ଛୁଙ୍କୁ ଧନ୍ୟବାଦ ଜଣାଇଛନ୍ତି। ଅନ୍ୟପକ୍ଷରେ କିସ୍‌ର ଏହି ସଫଳତା ପାଇଁ କିସ୍‌ର ଛାତ୍ରଛାତ୍ରୀ, ଅଧ୍ୟାପକ ଅଧ୍ୟାପିକା, କର୍ମଚାରୀ ଓ ଜନଜାତି ଅଭିଭାବକଙ୍କ ମଧ୍ୟରେ ଖୁସିର ଲହରୀ ଖେଳିଯାଇଛି। ପ୍ରତିଷ୍ଠାତା ଶ୍ରୀ ସାମନ୍ତଙ୍କ ନିରନ୍ତର ଓ ନିଷ୍ଠାପର ପ୍ରୟାସ ଯୋଗୁଁ କିସ୍ ଆଜି ଏହି ସଫଳତା ମିଳିପାରିଛି ବୋଲି ସେମାନେ ପ୍ରକାଶ କରିଛନ୍ତି। ସୂଚନାଯୋଗ୍ୟ, କିସ୍ ବିଶ୍ୱବିଦ୍ୟାଳୟ ହେଉଛି ବିଶ୍ୱର ଏକମାତ୍ର ଜନଜାତି ବିଶ୍ୱବିଦ୍ୟାଳୟ। କିସ୍ ହେଉଛି ଏକ ବିଦ୍ୟାଳୟ, ମହାବିଦ୍ୟାଳୟ ଓ ବିଶ୍ୱବିଦ୍ୟାଳୟ, ସମ୍ପୂର୍ଣ୍ଣ ଆବାସିକ ଓ ନିଶୁଳ୍କ।

## ଏଏମ୍/ଏନ୍ଏସ ପକ୍ଷରୁ ୫୩ ତମ ଜାତୀୟ ସୁରକ୍ଷା ସପ୍ତାହ ଉଦ୍‌ଯାପିତ

ପାରାଦୀପ,(ପି.ଏନ): ଆର୍ସେଲର ମିତ୍ତଲ/ନିପ୍ପନ ଷ୍ଟିଲ ଇଣ୍ଡିଆ(ଏଏମ୍/ଏନଏସ) ପକ୍ଷରୁ ୫୩ ତମ ଜାତୀୟ ସୁରକ୍ଷା ସପ୍ତାହ ଉଦଯାପିତ ହୋଇଯାଇଛି । ସପ୍ତାହବ୍ୟାପି କାର୍ଯ୍ୟକ୍ରମରେ ପଥପ୍ରାନ୍ତ ନାଟକ, ସୁରକ୍ଷା ସମ୍ପର୍କିତ ତାଲିମ ସମେତ ବିଭିନ୍ନ ସଚେତନତାମୂଳକ କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା । କର୍ମଚାରୀମାନେ ସୁରକ୍ଷିତ ହେଲେ ଏକ ଦୃଢ଼ ଶିଳ୍ପ ସଂସ୍ଥା ଗଠିତ ହୋଇପାରିବ ବୋଲି ଏଏମ୍/ଏନଏସ ଓଡିଶା ଅପରେଶନ ହେଡ୍ ସୁରେଶ। ଜି ଉଦଯାପନୀ ସମାରୋହର ମତବ୍ୟକ୍ତ କରିଥିଲେ। ସ୍ୱାସ୍ଥ୍ୟ ଓ ସୁରକ୍ଷାକୁ ଏଏମ୍/ଏନଏସ ସବୁବେଳେ ଗୁରୁତ୍ୱ ଦେଇଆସିଛି । ଆଗାମୀ ଦିନରେ ଏହା ବଳବତ୍ତର ରହିବ ବୋଲି କହିଥିଲେ । ପିଲେଟ୍ ପ୍ଲାଣ୍ଟ ମୁଖ୍ୟ ୟୁଏସଆର ରାଜୁ, ପାଓାର ପ୍ଲାଣ୍ଟ ମୁଖ୍ୟ ସରୋଜ ପଟ୍ଟନାୟକ,ପରିଚାଳନା ମୁଖ୍ୟ ସିଏଚ ହରିପ୍ରସାଦ, ସ୍ୱାସ୍ଥ୍ୟ ଓ ସୁରକ୍ଷା ମୁଖ୍ୟ ସଂଜୟ ମୁଦୁଲି ପ୍ରମୁଖ ଯୋଗ ଦେଇ ସୁରକ୍ଷା ସମ୍ପର୍କିତ ଉପାଦେୟ ତଥ୍ୟ ପ୍ରଦାନ କରିଥିଲେ।

## ଡା ଦାମୋଦର ରାଉତ ଙ୍କ ବିୟୋଗରେ ବିଜେପିର ଶୋକ

ଅନୁଗୁଳ,(ପି.ଏନ):ଓଡ଼ିଶା ରାଜନୀତିର ପ୍ରଭାବଶାଳୀ ନେତା ପୂର୍ବତନ ମନ୍ତ୍ରୀ ଡା ଦାମୋଦର ରାଉତ ଙ୍କର ଆଜି ଶୁକ୍ରବାର ବିୟୋଗ ଘଟିଛି ।ତାଙ୍କର ବିୟୋଗ ରେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ଗଭୀର ଦୁଃଖ ପ୍ରକାଶ କରିଛନ୍ତି ।ପୂର୍ବତନ ମନ୍ତ୍ରୀ ତଥା ବରିଷ୍ଠ ନେତା ଦାମୋଦର ରାଉତଙ୍କ ବିୟୋଗ ଖବର ଶୁଣି ମୁଁ ଦୁଃଖିତ ଓ ମର୍ମାହତ । ଦୀର୍ଘ ବର୍ଷ ଧରି ରାଜନୀତିରେ ସକ୍ରିୟ ରହି ଲୋକକଲ୍ୟାଣ କାର୍ଯ୍ୟରେ ନିଜକୁ ନିୟୋଜିତ କରିଥିଲେ । ତାଙ୍କ ବିୟୋଗରେ ଓଡ଼ିଶା ଜଣେ ସ୍ପଷ୍ଟବାଦୀ ଓ ଅନୁଭବୀ ରାଜନେତାଙ୍କୁ ହରାଇଲା । ଅମର ଆତ୍ମାର ସଦଗତି କାମନା କରିବା ସହ ଶୋକସନ୍ତପ୍ତ ପରିବାର ବର୍ଗଙ୍କୁ ସମବେଦନା ଜଣାଉଛି ବୋଲି ଶ୍ରୀ ପ୍ରଧାନ ଟ୍ୱିଟ ଯୋଗେ ପ୍ରକାଶ କରିଛନ୍ତି ।୧୯୭୪ ମସିହାରୁ ଡା ରାଉତ ଙ୍କ ସହ ମୋର ବ୍ୟକ୍ତିଗତ ସମ୍ପର୍କ ଥିଲା ମୋ ପିଲା ଦିନରୁ ତାଙ୍କୁ ଜାଣିଛି ,ସେ କିଛିଦିନ ପାଇଁ ଆମ ଦଳରେ ମଧ୍ଯ ସାମିଲ ହୋଇଥିଲେ ,ଓଡିଶା ରାଜନୀତି ରେ ତାଙ୍କ ପରେ ଏକ ଶୂନ୍ୟ ସ୍ଥାନ ସୃଷ୍ଟି ହେବ ବୋଲି ପ୍ରାକ୍ତନ ସାଂସଦ ରୁଦ୍ର ନାରାୟଣ ପାଣି ପ୍ରକାଶ କରିଛନ୍ତି ।ଅନୁଗୁଳ ଜିଲ୍ଲା ବିଜେପି ପକ୍ଷରୁ ଡା ରାଉତ ଙ୍କର ଦେହାନ୍ତ ରେ ଗଭୀର ଶୋକ ପ୍ରକାଶ କରାଯାଇଛି ।ଜିଲ୍ଲା ସଭାପତି ଡିଲେଶ୍ୱର ପ୍ରଧାନ, ଏନ ଏସ ଆଇ ସି ଡାଇରେକ୍ଟର କାଳନ୍ଦି ସାମଲ, ପ୍ରାକ୍ତନ ମନ୍ତ୍ରୀ ସଂଜୀବ ସାହୁ,ରାଜ୍ୟ କାର୍ଯ୍ୟକାରିଣୀ ସଦସ୍ୟ ଅଶୋକ ମହାନ୍ତି, ପ୍ରତାପ ଚ଼ନ୍ଦ୍ର ପ୍ରଧାନ, ଅଗସ୍ତି ବେହେରା, ଓ ପ୍ରତିମା ମିଶ୍ର, ଅନୁଗୁଳ ଯୋନ ମିଡିଆ ସେଲ ସଂଯୋଜକ ପର୍ଶୁରାମ ବାରିକ ପ୍ରମୁଖ ଏକ ଶୋକ ବାର୍ତା ଯୋଗେ ପ୍ରକାଶ କରିଛନ୍ତି ।

## ପାରାଦୀପରେ ଦାମୋଦରଙ୍କୁ ଅନ୍ତିମ ବିଦାୟ

ପାରାଦୀପ,(ପି.ଏନ): ପାରାଦୀପର ପୂର୍ବତନ ବିଧାୟକ, ଓଡିଶା ରାଜନୀତିର ବର୍ଷିୟାନ ରାଜନେତା ଡା.ଦାମୋଦର ରାଉତଙ୍କ ପରଲୋକ ହୋଇଯାଇଛି । ଶୁକ୍ରବାର ଦିନ ମଧ୍ୟାହ୍ନରେ ତାଙ୍କର ପାର୍ଥିବ ଶରୀର ପାରାଦୀପରେ ଆସି ପହଂଚିଥିଲା । ପାରାଦୀପ ଅଠରବାଙ୍କୀଠାରେ ଡା.ରାଉତଙ୍କ ମରଶରୀର ପହଂଚିବା ପରେ ଏକ ଶୋକାକୂଳ ପରିବେଶ ସୃଷ୍ଟି ହୋଇଥିଲା । ପାରାଦୀପର ନଗରପାଳ ବସନ୍ତ ବିଶ୍ୱାଳଙ୍କ ସମେତ ପାରିଷଦମାନେ ଏବଂ ସମର୍ଥକମାନେ ତାଙ୍କର ପ୍ରିୟ ନେତାଙ୍କର ଅନ୍ତିମ ଦର୍ଶନ କରିବା ସହିତ ମରଶରୀରରେ ପୁଷ୍ପଗୁଚ୍ଛ ଦେଇ ଅନ୍ତିମ ବିଦାୟ ଦେଇଥିଲେ । ମରଶରୀର ବଡପଡିଆ ମାର୍କେଟଠାରେ ପହଂଚିବା ପରେ ପାରାଦୀପ ପୋର୍ଟ ବଣିକ ସଂଘ ସଭାପତି ସନ୍ତୋଷ କୁମାର ପଟ୍ଟନାୟକଙ୍କ ସମେତ ବ୍ୟବସାୟୀମାନେ ଶେଷ ଦର୍ଶନ କରିଥିଲେ । ଶ୍ରମିକ ନେତା ରାକେଶ କୁମାର ପଟ୍ଟନାୟକ ତାଙ୍କ ସହଯୋଗୀମାନେ ମଧ୍ୟ ଡାକ୍ତର ଦାମୋଦର ରାଉତଙ୍କ ଶବ ଶୋଭାଯାତ୍ରାରେ ସାମିଲ ହୋଇ ଅନ୍ତିମ ବିଦାୟ ଜଣାଇଥିଲେ । ନୂଆବଜାରସ୍ଥିତ ବିଜୁ ପଟ୍ଟନାୟକ ମେମୋରିଆଲ୍ ଟ୍ରଷ୍ଟ ପରିସରରେ ଦଳମତ ନିର୍ବିଶେଷରେ ସାଧାରଣ ଜନତା ଏବଂ ବିଭିନ୍ନ ଶିଳ୍ପସଂସ୍ଥାର ଅଧିକାରୀମାନେ ପହଂଚି ଡାକ୍ତର ରାଉତଙ୍କ ଶେଷ ଦର୍ଶନ କରିବା ସହିତ ପୁଷ୍ପଗୁଚ୍ଛ ପ୍ରଦାନ କରିଥିଲେ ।

## ଜେଆରଜି ଏଜୁକେଶନାଲ ଟ୍ରଷ୍ଟ ପକ୍ଷରୁ ଉତ୍କର୍ଷ କାର୍ଯ୍ୟକ୍ରମ

ଖୋର୍ଦ୍ଧା,(ପିଏନ): ଖୋର୍ଦ୍ଧା ସଦର ମହକୁମା ସ୍ଥିତ ଶିଳ୍ପାଞ୍ଚଳ ଅନ୍ତର୍ଗତ ଜେଆରଜି ଏଜୁକେସନାଲ ଟ୍ରଷ୍ଟ ଆନୁକୂଲ୍ୟରେ ରାଧାକ୍ରୀଷ୍ଣ ଇନଷ୍ଟିଚ୍ୟୁଟ ଅଫ ଟେକ୍ନୋଲୋଜି ଆଣ୍ଡ ଇଞ୍ଜିନିୟରିଂ,କ୍ରିପ୍ଟନ ଯୁକ୍ତ ଦୁଇ ବିଜ୍ଞାନ ଉଚ୍ଚ ବିଦ୍ୟାଳୟ,ଜେଆରଜି କଲେଜ ଅଫ ଫାର୍ମାସି ଓ ଡିଡିୟୁ ଜିକେୱାଇ ପକ୍ଷରୁ ଉତ୍କର୍ଷ-୨ ବାର୍ଷିକ ଟେକନୋ ମ୍ୟାନେଜମେଣ୍ଟ କଲଚ଼ରାଲ ଫେଷ୍ଟ ଉଦଘାଟନ ହୋଇଛି । ଏଥିରେ ଜେଆରଜି ଟ୍ରଷ୍ଟର ଚେୟାରମ୍ୟାନ ବିନିତ ମୋହନ ଗୁପ୍ତା ଉଦଘାଟନ୍ କରିଥିଲେ। ଭୁବନେଶ୍ୱର ସ୍ଥିତ ନାଇଜର ରେଜିଷ୍ଟାର ଡ଼ଃ ଅଭୟ କୁମାର ନାୟକ ମୁଖ୍ୟ ଅତିଥି,ଜେଆରଜି ଏଜୁକେସନାଲ ଟ୍ରଷ୍ଟର ଉପାଧକ୍ଷା ରଶ୍ମି ଗୁପ୍ତା ବିଶିଷ୍ଟ ଅତିଥି,ବ୍ୟଙ୍ଗକବି ଜ୍ଞାନ ହୋତା ମୁଖ୍ୟବକ୍ତା,ପୁରୀ ସ୍ଥିତ ଓୟୁଏଚ଼ଏସ ନିର୍ଦ୍ଦେଶକ ଡିନ୍ ଡ଼ଃ ସନ୍ତୋଷ କୁମାର ମହାପାତ୍ର,ରାଧାକ୍ରୀଷ୍ଣ ଇନଷ୍ଟିଚ୍ୟୁଟର ଅଧ୍ୟକ୍ଷ ଡ଼ଃ ସୁବାସ ରଞ୍ଜନ କବାଟ ଓ ଜେଆରଜିକଲେଜ ଫାର୍ମାସୀ ଅଧ୍ୟକ୍ଷ ଡ଼ଃ ଆଶିଷ ଦେବ ସମ୍ମାନିତ ଅତିଥି ଭାବେ ଯୋଗ ଦେଇ ଛାତ୍ରଛାତ୍ରୀ ମାନେ ବୈଷୟିକ ଜ୍ଞାନକୌଶଳ ଓ ମାତୃଭାଷା ମାଧ୍ୟମରେ ଶିକ୍ଷାଦାନ ବ୍ୟବସ୍ଥା ଉନ୍ନତି ଦିଗରେ ଯଥେଷ୍ଟ ସହାୟକ ହୋଇଥାଏ ବୋଲି ମତ ପ୍ରକାଶ କରିଥିଲେ। କାର୍ଯ୍ୟକ୍ରମର ପ୍ରାରମ୍ଭରେ ଟ୍ରଷ୍ଟର ଉପଦେଷ୍ଟା କ୍ୟାପଟେନ ନବୀନ ଚ଼ନ୍ଦ୍ର ଶର୍ମା ଅତିଥି ପରିଚ଼ୟ ଓ କ୍ରିପ୍ଟନ୍ ଯୁକ୍ତ ଦୁଇ ବିଜ୍ଞାନ ଉଚ୍ଚ ବିଦ୍ୟାଳୟର ଅଧ୍ୟକ୍ଷ ଡ଼ଃ ରେବେକା ଭଟାଚ଼ାର୍ଯ୍ୟ ସ୍ୱାଗତ ଭାଷଣ ପ୍ରଦାନ କରିଥିଲେ। କାର୍ଯ୍ୟକ୍ରମକୁ ପ୍ରାଧାପକ ଡ଼ଃ ତପନ ପଣ୍ଡା ଓ ଅର୍ଚ୍ଚନା ସ୍ୱାଇଁ ସଂଯୋଜନା କରିଥିବା ସହ ପ୍ରାଧାପକ ବିମଳ ରଞ୍ଜନ ପଟ୍ଟନାୟକ ପରିଚ଼ାଳନା କରିଥିଲେ । ଶେଷରେ ପ୍ରାଧାପକ ମୋନାଲି ପାଢ଼ୀ ଧନ୍ୟବାଦ ଅର୍ପଣ କରିଥିଲେ । ପରେ ଛାତ୍ର ଛାତ୍ରୀ ମାନଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା ।

## ବିଭିନ୍ନ ସାମାଜିକ ମିଳିତ ଉଦ୍ୟମରେ ବିଶ୍ୱ ପଖାଳ ଦିବସ ପାଳନ

ବାଲିଅନ୍ତା,(ପି.ଏନ) : ବାଲିଅନ୍ତା ବ୍ଲକ ଅନ୍ତର୍ଗତ ଉମାଦେଇ ବ୍ରହ୍ମପୁର ଗ୍ରାମ ପଞ୍ଚାୟତ ଅଧିନସ୍ଥ ଜଗୁଆପୁର ଗ୍ରାମ ଠାରେ ବିଭିନ୍ନ ସାମାଜିକ ଅନଷ୍ଠାନର ମିଳିତ ଉଦ୍ୟମରେ ବିଶ୍ୱ ପଖାଳ ଦିବସ ପାଳନ କରାଯାଇଛି ।ଯୁବ ସମାଜସେବୀ ରଞ୍ଜନ କୁମାର ମହାପାତ୍ରଙ୍କ ତତତ୍ୱାବଧାନରେ ଆୟୋଜିତ ଏକ କାର୍ଯ୍ୟକ୍ରମରେ ବିଶିଷ୍ଟ ଶିକ୍ଷାବିତ ବିଧୁଭୂଷଣ ପଟ୍ଟନାୟକ, ବରିଷ୍ଠ ସାମ୍ବାଦିକ ତଥା ବିଶିଷ୍ଟ ସମବାୟବିତ୍ ସୋମନାଥ ସ୍ୱାଇଁ, ଆଦର୍ଶ ଶିକ୍ଷକ ନାରାୟଣ ବେହେରା, ବରିଷ୍ଠ ରାଜନେତା ବେଣୁଧର ଭୋଇ ଓ ବାଲିପାଟଣା ପ୍ରେସ କ୍ଲବ ର ସଭାପତି ଦିଲ୍ଲୀପ ଓଝା ପ୍ରମୁଖ ଯୋଗଦେଇ ପଖାଳ ର ଉପକାରୀତା ସମ୍ପର୍କରେ ଆଲୋକପାତ କରିଥିଲେ। ପ୍ରକୃତି ବନ୍ଧୁ ଦୀନବନ୍ଧୁ ଭୋଇ ସ୍ୱାଗତ ଭାଷଣ ଦେଇଥିଲେ। ଏହି ପଖାଳ ଦିବସରେ ୮୦ ଜଣ ପଖାଳ ଖାଇବା ସହିତ ମାଛ ଭଜା, ଚୁନା ମାଛ, ଚିଙ୍ଗୁଡ଼ି ଛେଚ଼ା, ବଡ଼ିଚୁରା, ଶାଗ ଭଜା, କାକୁଡି, ଆଳୁ ଚ଼କଟା, ବାଇଗଣ ଚ଼କଟା, ପାମ୍ପଡ, ସଜନା ଛୁଇଁ ଆଳୁ ବେସର ଖାଇଥିଲେ। ଅନ୍ୟମାନଙ୍କ ମଧ୍ୟରେ କାଞ୍ଚନ ଫାଉଣ୍ଡେସନ ର ସଭାପତି ତାପସ ରଞ୍ଜନ ମଲ୍ଲିକ, ଉତ୍କଳ ଜୟଦେବ ଅଧ୍ୟକ୍ଷ ପ୍ରଦୀପ୍ତ କୁମାର ମହାନ୍ତି, ନିର୍ଭୀକ ଖବର ୱେବ ଚ଼ାନେଲର ସମ୍ପାଦକ ଆଶୁତୋଷ ଚୌଧୁରୀ, ସହ ସଂପାଦକ ପ୍ରଳୟ କୁମାର ଦାସ, ଯୁବ ସ୍ୱେଚ୍ଛାସେବୀ ବିଶ୍ୱଜିତ ସାମନ୍ତରାୟ କାର୍ଯ୍ୟକ୍ରମ କୁ ପରିଚ଼ାଳନାରେ ସହଯୋଗ କରିଥିଲେ । ସେଠାରେ ଉପସ୍ଥିତ ସମସ୍ତ ବୁଦ୍ଧିଜିବିଙ୍କ ଗୋଟିଏ କଥା ଆଗାମୀ ଦିନରେ ପଖାଳକୁ ସରକାର ଜିଆଇ ଟ୍ୟାଗ ର ମାନ୍ୟତା ଦେବା ପାଇଁ ଜୟଦେବ ନିର୍ବାଚ଼ନ ମଣ୍ଡଳୀରୁ ସ୍ୱର୍ ଉଠିବ ବୋଲି ସମସ୍ତେ ମତ ଦେଇ ଥିଲେ।

## ପୂର୍ବତନ ସାଂସଦ ଅର୍ଚ୍ଚନା ନାୟକଙ୍କ ବିଜେପିରେ ଯୋଗଦାନ

କେନ୍ଦ୍ରାପଡ଼ା, (ପି.ଏନ): କେନ୍ଦ୍ରାପଡାର ପୂର୍ବତନ ସାଂସଦ ଅର୍ଚ୍ଚନା ନାୟକ ଆଜି ଭୁବନେଶ୍ୱରସ୍ଥିତ ବିଜେପି କାର୍ଯ୍ୟାଳୟରେ ଭାରତୀୟ ଜନତା ପାର୍ଟିରେ ଯୋଗଦେଇଚନ୍ତି। ଶ୍ରୀମତୀ ନାୟକ ଗତ ୨୦୦୪ରୁ ୨୦୦୯ମସିହା ପର୍ଯ୍ୟନ୍ତ ଚତୁର୍ଦ୍ଦଶ ଲୋକସଭାରେ ବିଜୁ ଜନତାଦଳରୁ ଲୋକସଭା ସାଂସଦ ଥିଲେ। ଶ୍ରୀମତୀ ନାୟକ ତାଙ୍କର ସମର୍ଥକମାନଙ୍କ ସହ ବିଜେପିରେ ଯୋଗଦେଇଛନ୍ତି। ଏଥିସହିତ କେନ୍ଦ୍ରାପଡା ଜିଲ୍ଲାର ଡେରାବିଶ ବ୍ଲକର ପୂର୍ବତନ ଅଧ୍ୟକ୍ଷ ସରୋଜ କୁମାର ସାହୁ ଏବଂ ବର୍ତ୍ତମାନର ବ୍ଲକ ଅଧ୍ୟକ୍ଷ ପ୍ରଭାତୀ ମଳିକ ମଧ୍ୟ ଆଜି ଭୁବନେଶ୍ୱରରେ ଭାରତୀୟ ଜନତା ପାର୍ଟିରେ ଯୋଗଦେଇଛନ୍ତି। ଏଠାରେ ସୂଚନା ଯୋଗ୍ୟ ଯେ ଗତ ୨୦୨୨ମସିହା ମାର୍ଚ୍ଚମାସ ୨୫ତାରିଖରେ ଗୁଲନଗର ଗ୍ରାମପଞ୍ଚାୟତର ଦଣ୍ଡାମୁଣ୍ଡଛକସ୍ଥିତ ସ୍ୱର୍ଗତ ପବିତ୍ର ପ୍ରଧାନଙ୍କୁ ପୂର୍ବତନ ଡେରାବିଶ ବ୍ଲକ ଅଧ୍ୟକ୍ଷ ଶ୍ରୀ ସାହୁ ଏବଂ ତାଙ୍କ ଗାଡିଚାଳକଙ୍କ ସମେତ ପବିତ୍ରଙ୍କ କେୟାରଟେକର ଗଙ୍ଗାଧର ବିଶ୍ୱାଳ ହତ୍ୟା କରିଥିବା ନେଇ ତାଙ୍କ ପରିବାର ପକ୍ଷରୁ କେନ୍ଦ୍ରାପଡା ସଦର ଥାନାରେ ଅଭିଯୋଗ ହୋଇଥିଲେବି ପୋଲିସ ନିରପେକ୍ଷ ତଦନ୍ତ କରୁନଥିବା ଦର୍ଶାଇ ଓଡିଶା ଉଚ୍ଚ ନ୍ୟାୟାଳୟରେ ପରିବାର ପକ୍ଷରୁ ଏକ ମାମଲା ଦାୟର କରାଯାଇଥିଲା। ସେହି ମାମଲାରେ ଉଚ୍ଚ ନ୍ୟାୟାଳୟ କ୍ରାଇମବ୍ରାଞ୍ଚ ତଦନ୍ତ ନିର୍ଦ୍ଦେଶ ଦେବା ପରେ ଓଡିଶା କ୍ରାଇମବ୍ରାଞ୍ଚର ଏକ ୪ଜଣିଆ ଟିମ କେନ୍ଦ୍ରାପଡାରେ ପହଞ୍ଚି ତଦନ୍ତ ଆରମ୍ଭ କରିଛି। ଏହି ତଦନ୍ତରେ ପୂର୍ବତନ ବ୍ଲକ ଅଧ୍ୟକ୍ଷ ଶ୍ରୀ ସାହୁ କ୍ରାଇମବ୍ରାଞ୍ଚକୁ ସହଯୋଗ କରୁନଥିବା ନେଇ ମଧ୍ୟ ଅଭିଯୋଗ ଆସିଛି। ଏହାବ୍ୟତିତ ରାଜନୈତିକ ପାଣିପାଗ ବଦଳି ଯାଇ ପୂର୍ବତନ ମନ୍ତ୍ରୀ ତଥା ବିଜେପିର ବରିଷ୍ଠନେତା ବିଜୟ ମହାପାତ୍ରଙ୍କ ପୁଅ ଅରବିନ୍ଦ ମହାପାତ୍ରଙ୍କ ବିଜେଡିରେ ଯୋଗଦାନ ପରେ ଶ୍ରୀ ସାହୁ ଅଧିକ ଭୟଭିତ ହୋଇପଡିଛନ୍ତି। କାରଣ ଗତ ୨୦୧୯ ପାଟକୁରା ଉପନିର୍ବାଚନରେ ବିଜେପିରୁ ବିଧାୟକ ପ୍ରାର୍ଥୀ ହୋଇଥିବା ଶ୍ରୀ ମହାପାତ୍ରଙ୍କ ସହ ଯୋଗଦେଇ ତାଙ୍କ ସପକ୍ଷରେ ପ୍ରଚାର ଓ ଭୋଟ କରାଇବାର ପ୍ରତିଶୃତି ଦେଇଥିବା ଶ୍ରୀ ସାହୁ ପରବର୍ତ୍ତୀ ସମୟରେ ଶ୍ରୀ ମହାପାତ୍ରଙ୍କ ସହ ବିଶ୍ୱାସ ଘାତକତା କରି ପ୍ରଚୁର ଅର୍ଥ ବଦଳରେ ପୁଣି ବିଜେଡିକୁ ଫେରିଯାଇ ଶ୍ରୀ ମହାପାତ୍ରଙ୍କ ବିରୋଧରେ ପ୍ରଚାର ସହ ଭୋଟ କରାଇଥିଲେ। କିନ୍ତୁ ଏବେ ପରିସ୍ଥିତି ବଦଳି ଯିବାପରେ କ୍ରାଇମବ୍ରାଞ୍ଚର ଗିରଫଦାରୀରୁ ବଞ୍ଚିବା ଓ ରାଜନୈତିକ ସୁରକ୍ଷା ନିମନ୍ତେ ଶ୍ରୀ ସାହୁ ବିଜେପିରେ ଯୋଗଦେଇଥିବା ରାଜନୈତିକ ବିଶେଷଜ୍ଞମାନେ ଆଲୋଚନା କରୁଛନ୍ତି।

## ତିନି ବାଇକ ଜବତ ଦୁଇ ଗିରଫ



କାକଟପୁର,(ପି.ଏନ): କାକଟପୁର ଥାନା ଅଧିନସ୍ଥ ପତିସାହି ଗ୍ରାମର ଗୌରୀଶଙ୍କର ଦାଶ ଙ୍କର ଏକ ବାଇକ୍ ଓଡ଼ି୨ BU ୩୩୦୫ ଗତ ୧୨/୩ ରେ କାକଟପୁର ବସ ଷ୍ଟାଣ୍ଡ ରୁ ଚୋରୀ ହୋଇଯାଇଥିଲା । ଏନେଇ ଶ୍ରୀ ଦାଶ କାକଟପୁର ଥାନାରେ ଲିଖିତ ଅଭିଯୋଗ କରିଥିଲେ । କାକଟପୁର ଥାନା ରେ ଯୋଗ ଦେଇଥିବା ନୂତନ ଥାନା ଅଧିକାରୀ ବିଜୟ କେତନ ବେହେରା ସିସି ଟିଭ ଆଧାର ରେ ବିଭିନ୍ନ ସ୍ଥାନ ରେ ଚ଼ଢ଼ାଉ ଜାରି ରଖିଥିଲେ କ୍ଷ କୌଣସି ସୂତ୍ରରୁ ଖବର ପାଇ କୋଣାର୍କ ନିକଟସ୍ଥ ରାହୁଳ ପାଟଣା ଗ୍ରାମରୁ କୃଷ୍ଣ କାଣ୍ଡି ଓ ତାଳସୁଆଁ ର ମୁନା ମଳିକ କୁ ଧରିବା ସହ ତାଙ୍କ ଠାରୁ ତିନୋଟି ବାଇକ୍ ଜବତ କରିଛନ୍ତି କ୍ଷ ଏହି ଚ଼ଢ଼ାଉରେ ଥାନା ଏସ ଆଇ ପ୍ରମୋଦ କୁମାର ସେଠୀ, ମନୋରଞ୍ଜନ ପରିଡ଼ା, ଜୟନ୍ତୀ ବେହେରା ପ୍ରମୁଖ ସାମିଲ ଥିଲେ କ୍ଷ ଥାନା କେଶ ନଂ ୬୪/୨୦୨୪ ଜବତ ବାଇକ୍ ନଂ ORO2 BU 3305, OD33K O526 ଆଉ ଗୋଟେ ବାଇକ୍ ର ନମ୍ବର ନାହିଁ ଓ ଅଭିଯୁକ୍ତ ଦୁଇ ଜଣଙ୍କୁ କୋର୍ଟ ଚ଼ାଲାଣ କରାଯାଇଛକି ।







Printed & Published by Budhadev Mohapatra on behaöf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Puböished at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-maiö :editorpbkc@gmaiö.com, paryabekhyak@gmaiö.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray